୨୭ତମ ପ୍ରତିଷ୍ଠା ଦିବସ ଅଭିନନ୍ଦନ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK पर्यवेक्षक

Vol.27 . No.4 Bhubaneswar Thursday Feburary 06 2025 | ୨୭ତମ ବର୍ଷ ସଂଖ୍ୟା-୪ ଭୁବନେଶ୍ୱର, ଗୁରୁବାର, ଫେବୃଆରୀ ୦୬, ୨୦୨୫ | (୮ ପୃଷ୍ଠା) | ମୂଲ୍ୟ-୧.୫୦ ₹ 1.50 | (Air Surcharge - 0.50P) | Member-INS

# ମହର୍ଷି ମହେଶ ଯୋଗୀଙ୍କ ୧୭ତମ ମହାପ୍ରୟାଣ ଦିବସ ପାଳିତ











ଭୁବନେଶ୍ୱର,୫।୨(ପି. ଏନ୍): ବିଶ୍ୱପ୍ରସିଦ୍ଧ ଆଧ୍ୟାତ୍ମିକ ଗୁରୁ ଏବଂ ଭାବାତିତ ଧ୍ୟାନ ଯୋଗର ପ୍ରବର୍ତ୍ତକ ମହର୍ଷି ମହେଶ ଯୋଗୀଙ୍କ ୧୭ତମ ମହାପ୍ରୟାଣ ଦିବସ ଭୁବନେଶ୍ୱର ସହିଦ ନଗରସ୍ଥିତ ମହର୍ଷି କଲେଜ୍ ଅଫ୍ ନ୍ୟାଚୁରାଲ୍ ଲ, ରେ ଭକ୍ତିଭାବ ସହ ପାଳନ କରାଯାଇଛି। ଏହି ଅବସରରେ ମହର୍ଷିଙ୍କ ପ୍ରତିମାରେ ନିମନ୍ତ୍ରିତ ଅତିଥିଗଣ ମହାବିଦ୍ୟାଳୟର ଅଧ୍ୟାପକ/ଅଧ୍ୟାପିକ, କର୍ମଚାରୀ ଏବଂ ଛାତ୍ରଛାତ୍ରୀମାନଙ୍କ ସହ ପୁଷ୍ପମାଲ୍ୟ ଅର୍ପଣ କରିଥିଲେ। ମହାବିଦ୍ୟାଳୟ ଅଧକ୍ଷ ଡକ୍ଟର ଲୋକନାଥ ପରିଡ଼ାଙ୍କ ସଭାପତିତ୍ୱରେ ଅନୁଷ୍ଠିତ ସ୍ମୃତିସଭାରେ ଉପାଧକ୍ଷ ଡକ୍ଟର ଶଶାଙ୍କ ଶେଖର ଚୂଡ଼ାମଣି ଅତିଥିମାନଙ୍କ ପରିଚୟ ପ୍ରଦାନ କରିଥିଲେ। ଏହି ଅବସରରେ ପ୍ରଫେସର ଉର୍ମି ଦେବୀଙ୍କ ମହର୍ଷିଙ୍କ ଉପରେ ରଚିତ ଏକ ଭକ୍ତିମୟ ସଙ୍ଗୀତକୁ ପ୍ରଫେସର ଅଂଶୁପ୍ରିୟା ସାହୁ ଗାନ କରିଥିଲେ।ମୁଖ୍ୟଅତିଥି ପୂର୍ବତନ ଅଧକ୍ଷ ଡକ୍ଟର ମଦନ ମୋହନ ସାହୁ ମହର୍ଷିଙ୍କ ଦର୍ଶନ ଓ ଉପଦେଶକୁ କିପରି ଛାତ୍ରଛାତ୍ରୀ ଏବଂ ଶିକ୍ଷକମାନେ ନିଜ ଜୀବନରେ ଅନୁସରଣ କରି ଜୀବନ ଦର୍ଶନ ମାର୍ଗ ଉପଲବ୍ଧ କରିପାରିବେ ସେ ସମ୍ପର୍କରେ ବକ୍ତବ୍ୟ ରଖିଥିଲେ। ମୁଖ୍ୟବକ୍ତା ମହର୍ଷିଙ୍କ ପ୍ରମୁଖ ଶିଷ୍ୟ ତଥା ମହର୍ଷି ପବ୍ଲି ସ୍କୁଲ ସମୁହ ଓ ବୈଦିକ ଇଣ୍ଟରନ୍ୟାସାଲ ଫାଉଣ୍ଡେସନର ଅଧକ୍ଷ ଡ଼ଃ. ପବିତ୍ର ମୋହନ ସାମନ୍ତରାୟ ମହର୍ଷିଙ୍କ ଅମୃତ ବାଣୀ ଏବଂ ଏହାର ଆଜିର ପ୍ରାସଙ୍ଗୀକତା ବିଷୟରେ ଆଲୋଚନା କରିଥିଲେ। ସେ ସମସ୍ତଙ୍କୁ ମନୋସ୍ଥିରତା, ଶାରୀରିକ ସ୍ୱାସ୍ଥ୍ୟ ଏବଂ ସମ୍ପୂର୍ଣ୍ଣ ଜୀବନ ଅନୁଭବ କରିବା ପାଇଁ ଭାବାତିତ ଧ୍ୟାନ ସିଦ୍ଧ ପ୍ରାଣାୟମ ଯୋଗ ଅଭ୍ୟାସ କରିବାକୁ ସମସ୍ତଙ୍କୁ ଉତ୍ସାହିତ କରିଥିଲେ। ଏହି ଉତ୍ସବରେ ପ୍ରଫେସର ଲୀଲାକ୍ଷି ପଣ୍ଡା, ପ୍ରଫେସର ବୈଶାଳୀ ସିଂ, ପ୍ରଫେସର ବଳରାମ ସ୍ୱାଇଁ, ପ୍ରଫେସର ରାଜେନ୍ଦ୍ର କୁମାର ପାଢ଼ୀ, ପ୍ରଫେସର ମିହିର ରଞ୍ଜନ ସରଣ, ପ୍ରଫେସର ସୁମନ କର, ଶ୍ରୀ ଆଶୁତୋଷ ତ୍ରିପାଠୀ, ସୁରେନ୍ଦ୍ର କୁମାର ଭୂୟାଁ, ମୁରଲୀଧର ସାହୁ, ସାଇଶରଣ ମହାପାତ୍ର, ଦିବାକର ନାୟକ, ପ୍ରଶାନ୍ତ କୁମାର ମିଶ୍ର, ଶ୍ରୀମତୀ ମମତା ମିଶ୍ର, ଦିବ୍ୟରଞ୍ଜନ ପ୍ରଧାନ, ଲାଲା ସୁନୀଲ ରାୟ, ତପନ ମହାନ୍ତି ଓ ଅନ୍ୟମାନେ ଅଂଶଗ୍ରହଣ କରିଥିଲେ। ପରିଶେଷରେ ଅନୁଷ୍ଠାନ ତରଫରୁ ଛାତ୍ରଛାତ୍ରୀମାନଙ୍କୁ ମିଷ୍ଟାନ୍ନ ବଣ୍ଟନ କରାଯାଇଥିଲା। ମହର୍ଷି ମହେଶ ଯୋଗୀଙ୍କ ୧୭ତମ ମହାପ୍ରୟାଣ ଦିବସ ଉପଲକ୍ଷେ ଏହି ସ୍ମରଣୀୟ ଦିବସ ଅନୁଷ୍ଠାନର ସମସ୍ତଙ୍କୁ ଆତ୍ମଜ୍ଞାନ ଏବଂ ଆନ୍ତରିକ ଶାନ୍ତିର ପଥ ଅନୁସରଣ କରିବା ପାଇଁ ପ୍ରେରିତ କରିଥିଲା।

## ସରସ୍ୱତୀ ମୂର୍ତ୍ତି ବିସର୍ଜନ ବେଳେ କୁଆଖାଇରେ ଭାସିଗଲେ, ୨ ଛାତ୍ରଙ୍କ ମୃତ୍

ନୂଆଦିଲ୍ଲୀ,୫।୨(ପି.ଏନ): ସାରା ରାଜ୍ୟରେ ସରସ୍ୱତୀ ପୂଜା ଫେବୃଆରୀ ୨ ତାରିଖରେ ଖୁବ ଧୁମଧାମର ସହ ପାଳନ କରାଯାଇଛି। ଏହାପରେ ମୂର୍ତ୍ତି ବିସର୍ଜନ ହୋଇଛି। ତେବେ ଏହି ମୂର୍ତ୍ତି ବିସର୍ଜନ ବେଳେ ଏକ ବଡ ଅଘଟଣ ଘଟିଛି, ଯେଉଁଥିରେ ୨ ଛାତ୍ରଙ୍କର ମୃତ୍ୟୁ ଘଟିଛି। ସୂଚ୍ନାନୁଯାୟୀ, ବାଲିଅନ୍ତା ଥାନା ରଙ୍ଗବଜାରରେ ମୂର୍ତ୍ତି ବିସର୍ଜନ ସମୟରେ ଏକ ବଡ ଅଘଟଣ ଘଟିଛି। ଟ୍ୟୁସନ ସାରଙ୍କ ସହ ସରସ୍ୱତୀ ମୂର୍ତ୍ତି ବିସର୍ଜନ ପାଇଁ ୨ ଛାତ୍ର କୁଆଖାଇ ନଦୀକୁ ଯାଇଥିଲେ। ଏହି ସମୟରେ ଦୁଇ ଛାତ୍ର ନଦୀରେ ବୁଡି ପ୍ରାଣ ହରାଇଛନ୍ତି।

## ଏକଜିଟ ପୋଲ: ହରିୟାଣା, ଝାରଖଣ୍ଡ ଓ ଛତିଶଗଡ ଭଳି ବଦଳି ଯିବନି ତ ଦିଲ୍ଲୀ ଗଣିତ ?

ଭୁବନେଶ୍ୱର,୫।୨(ପି.ଏନ): ଦିଲ୍ଲୀ ବିଧାନସଭା ପାଇଁ ଭୋଟିଂ ଶେଷ ହୋଇଛି।ଆସନ୍ତା ୮ ତାରିଖରେ ଭୋଟ ଗଣତି ସହ ଫଳାଫଳ ପ୍ରକାଶ ପାଇବ। କିନ୍ତୁ ଆଜି ଭୋଟିଂ ଶେଷ ହେବା ପରେ ବିଭିନ୍ନ ସଂସ୍ଥା ପକ୍ଷରୁ ଏକଜିଟ ପୋଲ ବା ବୁଥ ବାହୁଡା ମତ ପ୍ରକାଶ ପାଇଛି। ବିଭିନ୍ନ ଏଜେନ୍ସି ନିଜ ଅନୁସାରେ ଲୋକଙ୍କ ମତାମତ ନେଇ ରେଜଲ୍ଟ ଜାରି କରିଛନ୍ତି।ଦୁଇ/ତିନୋଟି ସଂସ୍ଥାକୁ ଛାଡି ଦେଲେ ବାକି ସବୁ ସର୍ଭେ ସଂସ୍ଥା ଦେଶର ରାଜଧାନୀରେ ୨୭ ବର୍ଷ ପରେ ପଦ୍ମ ଫୁଟିବ ବୋଲି ଆକଳନ କରିଛନ୍ତି। ଏହାର ଅର୍ଥ ବିଜେପି ଦିଲ୍ଲୀରେ କ୍ଷମତା ଦଖଲ କରିବ। ହ୍ୟାଟ୍ରିକ ବିଜୟ ହାସଲ ପାଇଁ ଲକ୍ଷ୍ୟ ରଖିଥିବା ଆପ୍‌କୁ ବିଜେପି ଦିଲ୍ଲୀରେ ଅଟକାଇବାକୁ ସକ୍ଷମ ହେବ।କଂଗ୍ରେସ ୨୦୧୫ ଓ ୨୦୨୦ ଭଳି ଅତି ନୈରାଶ୍ୟଜନକ ପ୍ରଦର୍ଶନ କରିବ ବୋଲି ଏକଜିଟ ପୋଲରେ ପୂର୍ବାନୁମାନ କରାଯାଇଛି।୧୦ଟି ସଂସ୍ଥାର ଏକଜିଟ ପୋଲକୁ ଦେଖିଥିଲେ ବିଜେପି ଦିଲ୍ଲୀର ୭୦ଟି ଆସନରୁ ୩୯ଟି, ଆପ ୩୦ଟି ଓ କଂଗ୍ରେସ ୧ଟି ଆସନ ଜିତିବ। ଦିଲ୍ଲୀରେ ସରକାର ଗଠନ ପାଇଁ ମ୍ୟାଜିକ ନମ୍ବର ହେଉଛି ୩୬। ବିଜେପି ଏହା ଠାରୁ ଅଧିକ ୩ଟି ଆସନ ଜିତି ସରକାର କରିବ ବୋଲି ସର୍ଭେ ସଂସ୍ଥାଗୁଡିକ କହିଛନ୍ତି। ଏକଜିଟ ପୋଲ: ହରିୟାଣା, ଝାରଖଣ୍ଡ ଓ ଛତିଶଗଡ ଭଳି ବଦଳି ଯିବନି ତ ଦିଲ୍ଲୀ ଗଣିତ ?ଦିଲ୍ଲୀ ବିଧାନସଭା ପାଇଁ ଭୋଟିଂ ଶେଷ ହୋଇଛି। ଆସନ୍ତା ୮ ତାରିଖରେ ଭୋଟ ଗଣତି ସହ ଫଳାଫଳ ପ୍ରକାଶ ପାଇବ। କିନ୍ତୁ ଆଜି ଭୋଟିଂ ଶେଷ ହେବା ପରେ ବିଭିନ୍ନ ସଂସ୍ଥା ପକ୍ଷରୁ ଏକଜିଟ ପୋଲ ବା ବୁଥ ବାହୁଡା ମତ ପ୍ରକାଶ ପାଇଛି। ବିଭିନ୍ନ ଏଜେନ୍ସି ନିଜ ଅନୁସାରେ ଲୋକଙ୍କ ମତାମତ ନେଇ ରେଜଲ୍ଟ ଜାରି କରିଛନ୍ତି।ଦୁଇ/ତିନୋଟି ସଂସ୍ଥାକୁ ହାଇଭୋଲଟେଜ ଦିଲ୍ଲୀ ବିଧାନସଭା ପାଇଁ ଭୋଟିଂ ଶେଷ ହୋଇଛି। ସମସ୍ତ ୭୦ଟି ଯାକ ଆସନରେ ଛିଡା ହୋଇଥିବା ପ୍ରାର୍ଥୀଙ୍କ ଭାଗ୍ୟ ଇଭିଏମରେ ସିଲ ହୋଇଯାଇଛି। ଆସନ୍ତା ୮ ତାରିଖରେ ଭୋଟ ଗଣତି ସହ ଫଳାଫଳ ପ୍ରକାଶ ପାଇବ। ସନ୍ଧ୍ୟା ୫ଟା ସୁଦ୍ଧା ଦିଲ୍ଲୀରେ ପ୍ରାୟ ୫୮% ଭୋଟିଂ ହୋଇଛି।ସନ୍ଧ୍ୟା ୬ଟା ଭୋଟିଂ ଶେଷ ହେବାର ସମୟ ରହିଥିଲା।

## ଟିକେଟ ବିକ୍ରି ଅବ୍ୟବସ୍ଥା ନେଇ ପ୍ରଶ୍ନ ଉଠାଇଲେ କଟକ ମେୟର

କଟକ,୫।୨(ପି.ଏନ): କଟକ ବାରବାଟୀରେ ଟିକେଟ ବିକ୍ରି ଅବ୍ୟବସ୍ଥାକୁ ନେଇ ପ୍ରଶ୍ନ ଉଠାଇଲେ କଟକ ମେୟର ସୁବାସ ସିଂ। ପ୍ରସ୍ତୁତି ବୈଠକରେ ହୋଇଥିଲା ସମସ୍ତ ଆଲୋଚନା। କିନ୍ତୁ ଶେଷରେ ଫଳପ୍ରଦ ହେଲାନି। ଟିକେଟ ବିକ୍ରିକୁ ନେଇ ଯେଉଁଭଳି ଅପ୍ରୀତିକର ପରିସ୍ଥିତି ନ ଉପୁଜେ ସେଥିପାଇଁ ଆଗରୁ ସତର୍କ କରାଇଥିଲେ ବୋଲି ସେ କହିଛନ୍ତି। ପୂର୍ବରୁ ଅନେକ ମ୍ୟାଚ୍ କଟକରେ ହୋଇଛି କିନ୍ତୁ ଏଭଳି ଅବ୍ୟବସ୍ଥା କେବେ ଦେଖିବାକୁ ମିଳିନଥିଲା। ନିଜେ ମୁଖ୍ୟମନ୍ତ୍ରୀ ଓ ତାଙ୍କ କ୍ରୀଡା ମନ୍ତ୍ରୀ ସମୀକ୍ଷା କରିଥିଲେ। ହେଲେ ଶେଷରେ କଣ ହେଲା ବୋଲି ପ୍ରଶ୍ନ କରିଛନ୍ତି ମେୟର।ଆହୁରୀ ମଧ କହିଛନ୍ତି, ଯେଉଁ କ୍ରିକେଟ ପ୍ରେମୀ ମ୍ୟାଚ୍ ଦେଖିବାକୁ ଟିକେଟ ପାଇଁ ଆସିଥିଲେ। ତାଙ୍କ ପାଇଁ

## ଏକାଦଶାହ ଉପଲକ୍ଷେ ଶ୍ରଦ୍ଧାଞ୍ଜଳି



ଂ ସୌମ୍ୟରଞ୍ଜନ ଦାସ

ତିରୋଧାନ: ତା ୨୭.୧.୨୦୨୫

ଆଜି ଏକାଦଶାହରେ ଆମେ ସମସ୍ତେ ତୋର ଅମର ଆତ୍ମା ପ୍ରତି ଗଭୀର ଶ୍ରଦ୍ଧାଞ୍ଜଳି ଅର୍ପଣ କରୁଛୁ। ଈଶ୍ୱରଙ୍କୁ ଆନ୍ତରିକ ପ୍ରାର୍ଥନା କରୁଛୁଁ ତୋର ଆତ୍ମା ପରମ ଶାନ୍ତି ଓ ସଦ୍‌ଗତି ଲାଭକରୁ ।

ପିତା- ଜ୍ଞାନରଞ୍ଜନ ଦାସ ଓ ମାମୁଁ- କିଶୋର ମାଣିଆ
ବନ୍ଧୁ ଓ ପରିବାରବର୍ଗ

## ଖସିଯାଉନାହାନ୍ତି ତ ବଡମୁଣ୍ଡ: କିଏ ସେ ୭ କର୍ମଚାରୀ, ଯାହାଙ୍କଠୁ ମିଳିଛି କୋଟିଏ ଅଧିକରୁ ନଗଦ ଟଙ୍କା



ଭୁବନେଶ୍ୱର,୫।୨(ପି.ଏନ): ପୂର୍ବରୁ ବିଜେଡି ସରକାର ଦୁର୍ନୀତି ବିରୁଦ୍ଧରେ 'ଜିରୋ ଟଲେରାନ୍ସ' ଓ ଏବେ ବିଜେପି ସରକାର 'ନା ଖାଉଙ୍ଗା ନା ଖାନେ ଦୁଙ୍ଗା' ନୀତିକୁ ଆପଣାଇ ରାଜ୍ୟ ଶାସନ କରୁଛନ୍ତି ।କିନ୍ତୁ ଏସବୁ ସତ୍ତ୍ୱେ ରାଜ୍ୟର ସରକାରୀ କର୍ମଚ୍ଚାରୀମାନଙ୍କଠୁ ଆଖି ଝଲସାଇ ଦେଲାଭଳି ନଗଦ କଳାଟଙ୍କା ମିଳୁଛି ।ଆଉ ବଡମୁଣ୍ଡ ବା ପ୍ରଶାସନିକ ଓ ରାଜନୀତିକ ବସ୍ ମାନଙ୍କ ବିନା ଆଶୀର୍ବାଦରେ ଏତେ ଟଙ୍କା ମିଳିବା ମଧ ସହଜ ନୁହେଁ ।କିନ୍ତୁ ରାଜ୍ୟ ଭିଜିଲାନ୍ସ କେବଳ ତଳତଳିଆ କର୍ମଚ୍ଚାରୀମାନଙ୍କୁ ଧରି ନିଜର ଦାୟିତ୍ୱ ତୁଲାଉଥିବାବେଳେ କାହିଁକି ବଡ ମୁଣ୍ଡମାନଙ୍କୁ ଛୁଇଁବାକୁ ସାହାସ କରୁନି ବୋଲି ସାଧାରଣରେ ଚ୍ଚର୍ଚ୍ଚା । ତା'ଛଡା ଯେଉଁ କର୍ମଚ୍ଚାରୀମାନଙ୍କ ପାଖରୁ ଏତେ ପରିମାଣର ନଗଦ ଟଙ୍କା ମିଳୁଛି ସେମାନଙ୍କର ଉପରିସ୍ତ ଅଧିକାରୀ(ରିପୋର୍ଟିଂ ଅଥରିଟି) କିଭଳି ଏସବୁ ଜାଣିପାରୁନଥିଲେ ତାକୁ ନେଇ ମଧ ପ୍ରଶ୍ନ ଉଠିଛି । ବୁଧବାର ମାଲକାନଗିରିସ୍ଥିତ ଜଳଛାୟା ପ୍ରକଳ୍ପର ଉପନିର୍ଦ୍ଦେଶକ ସୀତାଂଶୁ ମହାପାତ୍ରଙ୍କ ପାଖରୁ ଭିଜିଲାନ୍ସ ନଗଦ ୧.୯୮କୋଟି ଟଙ୍କା ଜବତ କରିଛି ।ଯାହା ଭିଜିଲାନ୍ସ ଦ୍ୱାରା ଜବତ ହୋଇଥିବା ଚ୍ଚଳିତବର୍ଷର ସର୍ବାଧିକ ନଗଦ ଅର୍ଥ । ରାଜ୍ୟରେ ଜଳଛାୟା ପ୍ରକଳ୍ପରେ କିଭଳି କୋଟିକୋଟି ଟଙ୍କା ଲୁଟ୍ ହୁଏ ତା'ର କଳାଚ୍ଚିଠା ୨୦୧୭ ମସିହାରେ ତତକାଳୀନ କୃଷିମନ୍ତ୍ରୀ ଡାକ୍ତର ଦାମୋଦର ରାଉତ ଖୋଲିବା ପରେ ତାଙ୍କୁ ନିଜ ପଦ ହରାଇବାକୁ ପଡିଥିବାର ନଜିର ମଧ ରହିଛି ।ରାଜ୍ୟ ଭିଜିଲାନ୍ସର ସୂଚ୍ନା ଅନୁସାରେ, ୨୦୧୬ ଫେବୃୟାରୀ ୨ ତାରିଖରେ ଆଠଗଡର ତତକାଳୀନ ଡିଏଫଓ ସୁଧାଂଶୁ ଶେଖର ମିଶ୍ରଙ୍କ ଘରୁ ଭିଜିଲାନ୍ସ ୧.୦୧କୋଟି ଟଙ୍କାର ନଗଦ ଅର୍ଥ ଜବତ କରିଥିଲା । ତା'ପରେ ୨୦୨୨ ମସିହାରେ ୪ଜଣ, ୨୦୨୩ରେ ୨ଜଣ ଓ ୨୦୨୫ ମସିହାରେ ଜଣେ ସରକାରୀ କର୍ମଚ୍ଚାରୀଙ୍କ ଘରୁ ଭିଜିଲାନ୍ସ ଚ୍ଚଢ଼ଉ କରି କୋଟିଏରୁ ଅଧିକ ପରିମାଣର ନଗଦ ଟଙ୍କା ଜବତ କରିବାରେ ସକ୍ଷମ ହୋଇଛି ।ବୁଧବାର ମାଲକାନଗିରିସ୍ଥିତ ଜଳଛାୟା ପ୍ରକଳ୍ପର ଉପନିର୍ଦ୍ଦେଶକ ତଥା ପ୍ରକଳ୍ପ ନିର୍ଦ୍ଦେଶକ ସୀତାଂଶୁ ମହାପାତ୍ରଙ୍କ ଘରେ ଭିଜିଲାନ୍ସ ଚ୍?ଉ କରି ୧.୯୮କୋଟି ଟଙ୍କାର ନଗଦ ଅର୍ଥ ସହ ତାଙ୍କର ଭୁବନେଶ୍ୱର-ଜୟପୁରରେ ଥିବା ମୂଲ୍ୟବାନ ପ୍ଲଟ ଓ ଘରକୁ ଠାବ କରିଛନ୍ତି ।୧୯୯୫ ଡିସେମ୍ବର ମାସରେ କନିଷ୍ଠ ମୃତ୍ତିକା ସଂରକ୍ଷଣ ଅଧିକାରୀ ଭାବେ କାର୍ଯ୍ୟ ଆରମ୍ଭ କରିଥିବା ଶ୍ରୀ ମହାପାତ୍ର ୨୦୦୦ ମସିହା ପର୍ଯ୍ୟନ୍ତ ଖୋର୍ଦ୍ଧାରେ ଓ ୨୦୦୦ରୁ ୨୦୦୯ ପର୍ଯ୍ୟନ୍ତ ମାଲକାନଗିରିର ମାଥିଲିରେ ସହାୟକ ବିହନ ଉତ୍ପାଦନ ଅଧିକାରୀ, ୨୦୦୯ରୁ ୨୦୧୬ ପର୍ଯ୍ୟନ୍ତ ଜୟପୁରରେ ସହାୟକ ବିହନ ଉତ୍ପାଦନ ଅଧିକାରୀ ଭାବେ କାର୍ଯ୍ୟ କରିଥିଲେ । ପଦୋନ୍ନତି ପାଇ ୨୦୧୬ ଜୁଲାଇରୁ ସହାୟକ ମୃତ୍ତିକ ସଂରକ୍ଷଣ ଅଧିକାରୀ ଭାବେ ବ୍ରହ୍ମପୁର ଜଳଛାୟା ପ୍ରକଳ୍ପ ନିର୍ଦ୍ଦେଶକଙ୍କ କାର୍ଯ୍ୟାଳୟକୁ ବଦଳି ହୋଇଥିଲେ । ୨୦୨୦ରେ ପାରଳାଖେମୁଣ୍ଡିରେ ଓ ୨୦୨୧ ଅଗଷ୍ଟରେ ପୁଣିଥରେ ମାଲକାନଗିରିକୁ ମୃତ୍ତି ସଂରକ୍ଷଣର ଉପନିର୍ଦ୍ଦେଶକ ତଥା ଜଳଛାୟା ପ୍ରକଳ୍ପର ନିର୍ଦ୍ଦେଶକ ଭାବେ ବଦଳି ହୋଇଥିଲା ।ଆଉ ମାତ୍ର ୨ବର୍ଷ ପରେ ଅବସର ନେବାକୁ ଥିବା ଶ୍ରୀ ମହାପାତ୍ର ନିଜ ଚ୍ଚାକିରିର ୨୧ବର୍ଷ କେବଳ ମାଲନାଗିରି-ଜୟପୁରରେ ବିତାଇଛନ୍ତି ।ଏହା କିଭଳି କୃଷି ବିଭାଗ ଜାଣିପାରୁନଥିଲା ଓ ତାଙ୍କୁ କାହିଁକି କେବଳ ସେହି ଜିଲ୍ଲାରେ ନିଯୁକ୍ତି ଦିଆଯାଉଥିଲା ତାହା ମଧ ସାଧାରଣରେ ସନ୍ଦେହ ସୃଷ୍ଟି କରିଛି ।ଉଲ୍ଲେଖଯୋଗ୍ୟ, ୨୦୧୭ ମସିହାରେ ତତକାଳୀନ ବିଜେଡି ସରକାରର କୃଷିମନ୍ତ୍ରୀ ଡାକ୍ତର ଦାମୋଦର ରାଉତ ନିଜେ ରାୟଗଡା-ନବରଙ୍ଗପୁର ଗସ୍ତ କରି ଫେରିବା ପରେ ଜଳଛାୟା ପ୍ରକଳ୍ପ ଆଳରେ କୋଟିକୋଟି ଟଙ୍କା ହରିଲୁଟ୍ ହେଉଛି ବୋଲି ଏକ ନୋଟସିଟ୍ ପଠାଇ କାର୍ଯ୍ୟାନୁଷ୍ଠାନ ଦାବି କରିଥିଲେ। କିନ୍ତୁ ସେତେବେଳେ ଜଳଛାୟା ପ୍ରକଳ୍ପର ମିଶନ ନିର୍ଦ୍ଦେଶକ ଭାବେ ବିଜେଡି ସରକାରର ସର୍ବ ?ସର୍ବା ଭିକେ ପାଣ୍ଡିଆନଙ୍କ ପତ୍ନୀ ସୁଜାତା କାର୍ଯ୍ୟ କରୁଥିବାରୁ ସରକାରୀ କର୍ମଚ୍ଚାରୀମାନଙ୍କ ବିରୁଦ୍ଧରେ କାର୍ଯ୍ୟାନୁଷ୍ଠାନ ହେବା ପରିବର୍ତ୍ତ ? ଡାକ୍ତର ରାଉତଙ୍କୁ ନିଜ ମନ୍ତ୍ରୀ ପଦ ହରାଇବାକୁ ପଡିଥିଲା ।ଆଉ ତା'ପରେ ଡାକ୍ତର ରାଉତଙ୍କୁ ଆକ୍ରୋଶର ଶିକାର ହୋଇ ବିଜେଡିରୁ ବହିଷ୍କାର ହେବାକୁ ପଡିଥିବାର ନଜିର ରହିଛି । ଯଦି ସେବେ ଡାକ୍ତର ରାଉତଙ୍କ କଥାକୁ ଗୁରୁତ୍ୱ ଦେଇ ସରକାର ଜଳଛାୟା ପ୍ରକଳ୍ପରୁ ଦୁର୍ନୀତିକୁ ଦୂର କରିବାକୁ ଉଦ୍ୟମ କରିଥାନ୍ତେ। ହୁଏତ ସୀତାଂଶୁ ମହାପାତ୍ରଙ୍କ ଭଳି ଦୁର୍ନୀତିଗ୍ରସ୍ତ ଅଫିସରଙ୍କଠୁ ଆଜି ଏତେ ପରିମାଣର ନଗଦ ଟଙ୍କା ଜବତ ହୋଇପାରିନଥାନ୍ତା ବୋଲି ଚ୍ଚର୍ଚ୍ଚା ହେଉଛି ।





## ଟି ଟାଇମ୍

# ପ୍ରଦୂଷଣ ବିହୀନ କାର୍

ଗାଡ଼ିମଟରର ବ୍ୟବହାର ପ୍ରଦୂଷଣ ବଢ଼ାଇଥାଏ । କିନ୍ତୁ ଏହି ଫଟୋ ଦେଖି ଆପଣ ଅନୁମାନ ଲଗାଇପାରୁଥିବେ କାର୍ ନିର୍ମାତାମାନେ ପ୍ରଦୂଷଣ ରୋକିବା ପାଇଁ ଅନେକ ପରିଶ୍ରମ କରୁଛନ୍ତି । ଏହା ସ୍ମାର୍ଟ ଫୋରଟୁ କାର୍। ଏଥିରେ ପାଂଚ ବର୍ଗ ମିଟର କ୍ଷେତ୍ରରେ ଘାସ ଜମା ହୋଇଛି । ଯାହା ପ୍ରକୃତରେ ସତସତିକା ଘାସ ନୁହେଁ ଏହା ସିନ୍ଥେଟିକ ଘାସ। କାର ନିର୍ମାତାମାନେ ସେହି ସିନ୍ଥେଟିକ ଘାସର ବ୍ୟବହାର କରିଛନ୍ତି । ସ୍ମାର୍ଟ ଫୋରଟୁ କାର୍ ମୁବଲ ଲ୍ୟାବର ଗ୍ରୀନ୍ ସ୍କ୍ରିନ୍ ପ୍ରୋଜେକ୍ଟ ଅନ୍ତର୍ଗତ । ମୁବଲଙ୍କ କହିବା ଅନୁସାରେ ରାସ୍ତାରେ ଯେତେବେଳେ ଏହି ଧରଣର କାର୍ ଚାଲିବ, ପ୍ରଦୂଷଣ କମ୍ ହେବ ଓ ପର୍ଯ୍ୟାବରଣର ପରିସ୍ଥିତି ସୁଧୁରିବ। ଏହି କାର୍‌କୁ ପ୍ରଥମେ ଜର୍ମାନଠାରେ ସ୍ଟଟଗାର୍ଟରେ ଆସନ୍ତା ବର୍ଷର ପ୍ରଥମ ମାସରେ ସଡ଼କ ଉପରକୁ ଅଣାଯିବ । କମ୍ପାନୀର କହିବାନୁସାରେ ଏହି କାର୍ ପ୍ରତିବର୍ଷ ୭କିଲୋଗ୍ରାମ କାର୍ବନ ଡାଇଅକ୍ସାଇଡ଼ ଗ୍ୟାସ୍ କମ୍ କରିଥାଏ । ଯାହା ଗୋଟିଏ ଗଛ ସେହି ସମୟରେ ୨.୬କାର୍ବନକୁ ସଫା କରିଥାଏ । ଏମିତି ଦେଖିବାକୁ ଗଲେ ଅଟୋ ସେକ୍ଟରର ଇଞ୍ଜିନିୟର ମାନେ ଏବେ ଗ୍ରୀନ୍ ସଲ୍ୟୁସନ୍‌କୁ ନେଇ ଅଧିକ ଜାଗ୍ରତ ଅଛନ୍ତି । ଆମେରିକୀୟ କମ୍ପାନୀ ଫୋର୍ଡ଼ ଗିକି ସହିତ ମିଶି ଏହି ଦିଗରେ କାମ କରୁଛି ।

# ମୋଗଲ ଯୁଗର ଘଣ୍ଟେୱାଲା ଦୋକାନ




ଦିଲ୍ଲୀର ଚାନ୍ଦିନି ଚୌକ ସ୍ଥିତ ୨୨୫ବର୍ଷ ପୁରୁଣା ମିଠା ଦୋକାନ ଘଣ୍ଟେୱାଲାକୁ କ୍ରୟ କରିବା ପାଇଁ ଆରମ୍ଭ ହୋଇଯାଇଛି ପ୍ରତିଯୋଗିତା। ଏଥିପାଇଁ କିଛି ବ୍ୟବସାୟ ୧୦କୋଟି ଟଙ୍କାର ଅଫର ଦେଇଥିଲା ବେଳେ ଦୋକାନର ମାଲିକ ୧୦୦କୋଟିରୁ ଅଧିକ ଦାବି କରୁଥିବା କୁହାଯାଉଛି। ୧୭୯୦ ମସିହାରେ ମୋଗଲ ଶାସନ ସମୟରେ ଏହି ମିଠା ଦୋକାନର ଆରମ୍ଭ ହୋଇଥିଲା। ମିଠା ଏବଂ ନମକିନ ପାଇଁ ଏହି ଦୋକାନର ଖ୍ୟାତି ଖାଲି ଦିଲ୍ଲୀ ନୁହେଁ ଦେଶ ବାହାରେ ମଧ୍ୟ ରହିଛି। ତେବେ ବର୍ତମାନର ଦୋକାନ ମାଲିକ ସୁଶାନ୍ତ ଜୈନ ଏହି ଦୋକାନକୁ କିଛି ଦିନ ହେବ ବନ୍ଦ କରିଛନ୍ତି। ତାଙ୍କ ଯୁକ୍ତି ହେଉଛି ଯେ, କ୍ୱାଲିଟ କଂଟ୍ରୋଲ ବିଭାଗର ଚାପ ଯୋଗୁ ଦୋକାନ ଚଳାଇବା କଷ୍ଟ ହେଉଛି। ଏଥିସହ ଦୋକାନ ବନ୍ଦ କରିବାର ଅନ୍ୟ କାରଣ ମଧ୍ୟ ରହିଛି। ଦୋକାନ ବନ୍ଦ କାରଣରୁ ପୁରୁଣା ଦିଲ୍ଲୀର ଲୋକମାନଙ୍କ ମଧ୍ୟରେ ନିରାଶା ଭାବ ଦେଖାଦେଇଛି। ଦୋକାନ ବିକ୍ରି ହେବାର ଚର୍ଚ୍ଚା ଯୋର ଧରିଥିବାରୁ ବହୁ ଦୋକାନି ଦୋକାନ କିଣିବା ପାଇଁ ଆଗ୍ରହ ପ୍ରକାଶ କରିଛନ୍ତି। ଏଥିପାଇଁ ୧୦କୋଟିରୁ ଅଧିକ ଟଙ୍କାର ଅଫର ମଧ୍ୟ ସେମାନେ ଦେଲେଣି।

# ଥକ୍କାପଣ ଦୂର କରିବ ପ୍ରୋଟିନ୍ ଖାଦ୍ୟ



ଅଧିକାଂଶ ସମୟ ଲୋକଙ୍କର ଅଭିଯୋଗ ରହିଆସିଛି ଯେ, ସେମାନେ ଅଳ୍ପ କାମ ରେ ଜଲଦି ଥକିପଡ଼ନ୍ତି । କିଛି ବ୍ୟକ୍ତି ଏଭଳି ବି ଅଛନ୍ତି ଯିଏ କିଛି କାମ ନ କରି ମଧ ଥକ୍କା ଅନୁଭବ କରିଥାନ୍ତି। ଶରୀରରେ ଶକ୍ତିର କମି ଫଳରେ ଜଣେ ବ୍ୟକ୍ତି ଥକ୍କା ଅନୁବବ କରିଥାଏ । ତେଣୁ ଶରୀରକୁ ଶକ୍ତିଶାଳୀ ବନାଇବାପାଇଁ ଆପଣ ଆପଣଙ୍କ ଖାଦ୍ୟରେ ଦିନଚର୍ଯ୍ୟାରେ ପ୍ରୋଟିନ୍ ଯୁକ୍ତ ଖାଦ୍ୟ ସାମିଲ କରନ୍ତୁ । ପୂରା ଦିନ ପାଣି କିମ୍ବା କିଛି ତରଳ ପଦାର୍ଥ ପିଇବା ଉଚିତ୍ । ପାଣି ଶରୀରର ହାନୀକାରକ ତତ୍ୱକୁ ବାହାରକୁ ବାହାର କରି ଶାରୀରିକ ପ୍ରଣାଳୀରେ ନୂତନ ଶକ୍ତି ସୃଷ୍ଟି କରିଥାଏ । ସର୍ବତ, ଫଳରସ, ନଡ଼ିଆ ପାଣି ଭଳି ପାଣି ଜିନିଷ ପିଇବା ଉଚିତ୍ । ଶାରୀରିକ ସତେଜ ରହିବା ପାଇଁ ପ୍ରୋଟୀନ୍ ଯୁକ୍ତ ଖାଦ୍ୟ ନିଜ ଖାଦ୍ୟରେ ଗ୍ରହଣ କରିବା ଉଚିତ୍ । କାର୍ବୋହାଇଡ୍ରେଟ୍ରୁ ଶରୀରକୁ ଶକ୍ତି ମିଳିଥାଏ। ଫଳମାନଙ୍କ ମଧ୍ୟରେ କମଳା, ଆତାବି, ଲିଚି ଆଦି ଖାଇବା ଉଚିତ୍ । ଏଥିରେ ପ୍ରଚୁର ମାତ୍ରାରେ ଗ୍ଲୁକୋଜ ରହିଥାଏ । କ୍ଷୀରରେ ମହୁ ମିଶାଇ ଓ କଦଳୀର ସେକ୍ ପିଇଲେ ଶରୀରକୁ ଭଲ ଶକ୍ତି ମିଳିଥାଏ । ସବୁଠାରୁ ମହତ୍ୱପୂର୍ଣ୍ଣ କଥା ହେଉଛି ଆପଣ ପୂରା ଦିନ ଯେତେ କାମ କରିଲେ ମଧ ୭ରୁ ୮ ଘଂଟାର ନୀଦ ପୂରା କରିବା ଉଚିତ୍ । ଏଭଳି କଲେ ପର ଆପଣଙ୍କୁ ସଠିକ୍ ଶକ୍ତି ମିଳିପାରିବ । ଯେବେ ବି ଥକ୍କାପଣ ଅନୁଭବ ହୁଏ ତେବେ ୧୫ କିମ୍ବା ୨୦ମିନିଟ୍‌ର ବିଶ୍ରାମ ଯେମିତି ହେଲେ ନେବେ । ନୀଦ ପୂରା ନହେଲେ ଶରୀରର ଓଜନ ମଧ ବଢ଼ିଥାଏ ଓ ଥକ୍କାପଣ ଜଲଦି ଆସିଯାଇଥାଏ ।

## ପୁରାଣ କାହାଣୀ

# ନାରୀଙ୍କ ସାତଟି ବିଶେଷ ଗୁଣ



ଭଗବାନ ତାଙ୍କ ସୃଷ୍ଟିର ସମସ୍ତ ଜୀବଙ୍କ ଭିତରେ, ଆତ୍ମା ରୂପରେ ସମାନ ଭାବରେ ପୂରି ରହି ସମସ୍ତଙ୍କୁ ସଂଚାଳିତ କରୁଥିଲେ ମଧ୍ୟ ଭିନ୍ନ ଭିନ୍ନ ଲୋକଙ୍କର ପୃଥକ୍ ପୃଥକ୍ କର୍ମ ସମ୍ପାଦନ ନିମିତ ଶକ୍ତିର ବିଭିନ୍ନତା ଦୃଷ୍ଟିରୁ ସେମାନଙ୍କ ଭିତରେ ଭଗବାନ୍‌ଙ୍କ ବିଭୂତିର ତାରତମ୍ୟ ଦେଖାଦେଇଥାଏ । ସେହି ଦୃଷ୍ଟିରୁ ପିଲାମାନଙ୍କୁ ଜନ୍ମ ଦେଇ ସେମାନଙ୍କର ଲାଳନପାଳନ କରିବା ସହିତ ଅନ୍ୟମାନଙ୍କ ପ୍ରତି ଅନୁକମ୍ପା ପ୍ରଦର୍ଶନ କରି ପରିବାର ଏବଂ ସମାଜରେ ମାଧୁର୍ଯ୍ୟର ଭାବ ସୃଷ୍ଟି କରିବା ଭଳି କର୍ତବ୍ୟ ସମ୍ପାଦନ ପାଇଁ ଭଗବାନ୍ ତାଙ୍କ ବିଭୂତି ରୂପରେ ନାରୀମାନଙ୍କଠାରେ ସାତୋଟି ବିଶେଷ ଗୁଣ ରୂପରେ ପ୍ରକାଶ ହୋଇଛନ୍ତି । ସେହିଗୁଣଗୁଡ଼ିକ ହେଉଛି କୀର୍ତି, ଶ୍ରୀ, ବାକ୍, ସ୍ମୃତି, ମେଧା, ଧୃତି ଏବଂ କ୍ଷମା । ଭଗବାନ କୀର୍ତି ରୂପରେ ନାରୀମାନଙ୍କଠାରେ ପ୍ରକାଶିତ ହୋଇ ନାରୀଙ୍କର ପବିତ୍ରତା, ନିଷ୍କଳଙ୍କ ଚରିତ୍ର ଏବଂ ସଦାଚରଣର ଭାବକୁ ନେଇ ତାଙ୍କର ସୁଖ୍ୟାତି ପ୍ରକାଶ କରିଛନ୍ତି । ସେହି ଦୃଷ୍ଟିରୁ ନାରୀମାନେ ତାଙ୍କ ଉପରେ ନିର୍ଭରଶୀଳ ତାଙ୍କ ପରିବାରର ସମସ୍ତ କାମସବୁ ଠିକ୍ ସମୟରେ କରିଦେବା ଦରକାର । ଏହାଦ୍ୱାରା ପରିବାରବର୍ଗ ଆନନ୍ଦପ୍ରାପ୍ତ ହେବେ ଓ ପରିବାରରେ ଶାନ୍ତିର ବାତାବରଣ ସୃଷ୍ଟି ହେବ ।

ଭଗବାନ୍ ନାରୀମାନଙ୍କ ଶରୀରରେ ମେଧା ରୂପରେ ନିବାସ କରିଥାଆନ୍ତି । ଏହା ହେଉଛି ଧୀଶକ୍ତି ବା ଧାରଣ କରିବାର ଶକ୍ତି । ଏହି ଶକ୍ତିସମ୍ପନ୍ନ ବ୍ୟକ୍ତିକୁ ଯାହା ଥରେ ଶିଖାଇ ଦିଆଯାଏ ସେ ତାହା ସହଜରେ ମନେ ରଖିଥାଆନ୍ତି, ଏପରିକି କେତେକ ବିଷୟ ଜୀବନର ଶେଷ ପର୍ଯ୍ୟନ୍ତ ତାଙ୍କ ମନରେ ରହିଯାଇଥାଏ । ନାରୀମାନଙ୍କ ମେଧା ଦୃଷ୍ଟିରୁ ସେମାନେ ସମସ୍ତ କାମକୁ ଶୀଘ୍ର ବୁଝିଥାନ୍ତି ଓ ବିରକ୍ତି ପ୍ରକାଶ ନକରି ସେ ସବୁର ସମ୍ପନ୍ନ କରିବା ନାରୀପକ୍ଷେ ସହଜସାଧ୍ୟ ହୋଇଥାଏ । ଏହି ଦୃଷ୍ଟିରୁ ଯାହାର ଧୀଶକ୍ତି ଯେତେ ପ୍ରଖର ତା'ର ସେତିକି ଅଧିକ ଆଦର । ଭଗବାନଙ୍କ ବିଭୂତି ଆତ୍ମବଳ ରୂପରେ ନାରୀଙ୍କଠାରେ ପ୍ରକଟିତ ହୋଇ ତାଙ୍କୁ ପ୍ରଦାନ କରୁଥିବା ଧୈର୍ଯ୍ୟ ବା ଧାରଣ କରିବାର ଶକ୍ତି ହେଉଛି ଧୃତି । ଯାହାର ଜୀବନରେ ଧୃତି କମିଯାଏ ସେ ବିଶେଷ ଶକ୍ତିଶାଳୀ ହୋଇ ପାରିନଥାନ୍ତି ଏବଂ ଜୀବନରେ ସଫଳ ହୋଇପାରି ନଥାନ୍ତି । ଦଣ୍ଡ ଦେବାର ଶକ୍ତିଥିଲେ ମଧ୍ୟ ଅପରାଧକୁ ଭୁଲି, ଅପରାଧୀକୁ କିଛି ଦଣ୍ଡ ନ ଦେବା ହେଉଛି କ୍ଷମା। ବିଭୂତି ରୂପରେ ନାରୀମାନଙ୍କ ପାଖରେ ଭଗବାନ ରହି ସେମାନଙ୍କ ସ୍ୱଭାବସୁଲଭ କର୍ତବ୍ୟ ପାଳନ ପାଇଁ ଏହି ସଦ୍‌ଗୁଣର ବିଶେଷ ପ୍ରଭାବ ଅଛି। ଭଗବାନ ତାଙ୍କ ବିଭୂତି ରୂପରେ ପ୍ରକାଶ କରିଥିବା ସାତୋଟି ଗୁଣକୁ ଧାରଣ କରିଥିବା ଜଣେ ଆଦର୍ଶ ନାରୀ ସତୀସାଧ୍ୱୀ ରୂପରେ ଏତେ ଉପରକୁ ଉଠି ଯାଇପାରିବେ ଯେପରି ଲୋକେ ମନେ କରିବେ ଯେ ଜଣେ ଦେବୀ ସ୍ୱର୍ଗରୁ ପୃଥିବୀକୁ ଓହ୍ଲାଇ ଆସିଛନ୍ତି । ସେତେବେଳେ ସେ ପୃଥିବୀ ପରି କ୍ଷମାଶୀଳ, ସମୁଦ୍ର ପରି ଗମ୍ଭୀର, ଗଙ୍ଗା ମାତାଙ୍କ ପରି ପାବନୀ ଏବଂ ଦୁଷ୍ଟଙ୍କ ପାଇଁ ପ୍ରଜ୍ୱଳିତ ଅଗ୍ନି ସ୍ୱରୂପ ହୋଇଯାଇପାରେ । ସେ ସମସ୍ତଙ୍କୁ ଶୀତଳତାର ସ୍ପର୍ଶ ଦେଇପାରିବ ଓ ଆକାଶ ପରି ସମସ୍ତଙ୍କୁ ଧାରଣ କରିପାରିବ ।

# ଦେବୀ ରାଧାଙ୍କ ଜନ୍ମ ରହସ୍ୟ

ବ୍ରହ୍ମବୈବର୍ତ ପୁରାଣରେ ଦେବୀ ରାଧାଙ୍କ ଜନ୍ମ ରହସ୍ୟ କଥା ଉଲ୍ଲେଖ କରାଯାଇଛି । ଦେବୀ ରାଧା ଭଗବାନ୍ ଶ୍ରୀକୃଷ୍ଣଙ୍କ ସହ ଗୋଲକରେ ନିବାସ କରୁଥାନ୍ତି । ଥରେ ଗୋଲକରେ ଦେବୀ ସୀତା ନଥିଲେ । ଶ୍ରୀକୃଷ୍ଣ ବିରଜା ନାମକ ପତ୍ନୀଙ୍କ ସହ ବିବାହ କରୁଥିଲେ । କୃଷ୍ଣ ଓ ବିରଜାଙ୍କ ବିବାହର କଥା ରାଧାଙ୍କୁ ସୂଚନା ମିଳିବା ମାତ୍ରେ ସେ ଗୋଲକକୁ ଆସିଲେ । ସେ କୃଷ୍ଣ ଓ ବିରଜାଙ୍କୁ ଦେଖି ରାଗିଯାଇ ଶ୍ରୀକୃଷ୍ଣଙ୍କୁ ଅନେକ କଥା ଶୁଣାଇଲେ । ଯାହାଫଳରେ ଶ୍ରୀକୃଷ୍ଣଙ୍କ ମିତ୍ର ସୁଦାମାଙ୍କୁ କ୍ରୋଧ ଆସିଲା । ସେ କ୍ରୋଧିତ ହୋଇ ଦେବୀ ରାଧାଙ୍କୁ ଅପମାନ କଲେ । ଯାହାଫଳରେ ଦେବୀ ରାଧା ଓ ସୁଦାମା ପରସ୍ପରକୁ ଅଭିଶାପ ଦେଲେ । ସୁଦାମାଙ୍କ ଅଭିଶାପ କଥା ରାଧା ଶ୍ରୀକୃଷ୍ଣଙ୍କୁ କହିଥିଲେ । ଶ୍ରୀକୃଷ୍ଣ ଦେବୀ ରାଧାଙ୍କୁ କହିଥିଲେ ଯେ ପୃଥିବୀରେ ତୁମେ ଗୋକୁଳରେ ଦେବୀ କୀର୍ତି ଏବଂ ବୃଷଭାନୁଙ୍କ କନ୍ୟାରୂପେ ଜନ୍ମଗ୍ରହଣ କରିବ। ସେଠାରେ ତୁମର ବିବାହ ରାୟାଣ ନାମକ ଏକ ବୈଶ୍ୟ ସହ ହେବ ଏବଂ ସାଂସାରିକ ଭାବେ ତୁମେ ରାୟାଣଙ୍କ ପତ୍ନୀ ବୋଲି କୁହାଯିବ । ରାୟାଣ ହେଉଛି ମୋର ଏକ ଅଂଶ । ରାଧା ରୂପରେ ତୁମର ମୋର ପ୍ରିୟା ହୋଇ ରହିବ ଏବଂ କିଛି ସମୟ ପାଇଁ ଆମ ମଧ୍ୟରେ ବିଚ୍ଛେଦ ହେବ। ସୁଦାମାଙ୍କ ଅଭିଶାପରେ ଗୋକୁଳରେ ଦେବୀ ରାଧା କୀର୍ତି ଏବଂ ବୃଷଭାନୁଙ୍କୁ କନ୍ୟା ରୂପରେ ଜନ୍ମଗ୍ରହଣ କଲେ ।

# ଏକାଧିକ ବିବାହ କରନ୍ତି ଖାସି ସମ୍ପ୍ରଦାୟର ମହିଳା



ବିଶ୍ୱର ବିଭିନ୍ନ ଦେଶରେ ଭଳିକିଭଳି ଆଦିବାସୀ ଅଛନ୍ତି । ସେମାନଙ୍କ ସଂସ୍କୃତି ଓ ପରମ୍ପରା କୌଣସି ରହସ୍ୟଠାରୁ କିଛି କମ୍ ନୁହେଁ । ମେଘାଳୟରେ ରହୁଥିବା ଖାସି ସମ୍ପ୍ରଦାୟର ମହିଳାଙ୍କ ହାତରେ ପରିବାରର ଦାୟିତ୍ୱ ନ୍ୟସ୍ତ ହୋଇଥାଏ । ଏହି ସମ୍ପ୍ରଦାୟର ପୁରୁଷମାନେ ବିବାହ ପରେ ଶ୍ୱଶୁର ଘରେ ଯାଇ ରୁହନ୍ତି । ଏଠାରେ ପୁରୁଷମାନଙ୍କୁ ଘରର ସବୁକାମ କରିବାକୁ ହୋଇଥାଏ। ବାହାରର ସବୁ କାମ ମହିଳା କରନ୍ତି । ମେଘାଳୟରେ ଥିବା ବଜାରଗୁଡ଼ିକର ଦୋକାନରେ ମହିଳା କାମ କରନ୍ତି। ଖାସି ସମ୍ପ୍ରଦାୟରେ ଘରର ସାନ ଝିଅକୁ ସବୁଠୁ ଅଧିକ ସମ୍ପତି ମିଳିଥାଏ । ଏହି କାରଣରୁ ଘରର ସାନଝିଅ ମାତା-ପିତା, ଅବିବାହିତା ପୁଅ-ଝିଅଙ୍କର ଦେଖାଶୁଣା କରିଥାଏ। ଏହି ସମ୍ପ୍ରଦାୟର ଛୋଟ ଝିଅମାନେ ପିଲାଦିନେ ପଶୁହାଡ଼ରେ ଖେଳନ୍ତି । ଏଗୁଡ଼ିକ ସେମାନେ ଆଭୂଷଣଭାବେ ବ୍ୟବହାର କରନ୍ତି । ଖାସି ସମ୍ପ୍ରଦାୟର ପରିବାରଗୁଡ଼ିକ ମହିଳା କେନ୍ଦ୍ରିକ ପରିବାର । ଅନେକ ଦିନ ପୂର୍ବରୁ ଏହି ସମ୍ପ୍ରଦାୟର ପୁରୁଷମାନେ ଯୁଦ୍ଧକୁ ପଳାଇ ଯାଇଥିଲେ ଓ ମହିଳାଙ୍କୁ ଛାଡ଼ି ଦେଇ ଯାଇଥିଲେ । ଏଥିଯୋଗୁଁ ପୁଅଝିଅମାନଙ୍କୁ ଘରର ମହିଳାମାନେ ସେମାନଙ୍କ ଉପନାମ ଦେଉଥିଲେ । ସେହିଭଳି ଖାସି ମହିଳାଙ୍କର ଅନେକ ଜୀବନସାଥୀ ଥାଏ । ତେଣୁ ପିଲାମାନଙ୍କୁ ମହିଳାମାନେ ସେମାନଙ୍କର ଉପନାମ ଦେଉଥିଲେ । ଏହି ସମ୍ପ୍ରଦାୟରେ କନ୍ୟା ସନ୍ତାନ ଜନ୍ମନେଲେ ମହିଳାମାନେ ଖୁସି ମନାନ୍ତି ।

# ଖାଦ୍ୟରେ ଟଏଲେଟ୍ ବ୍ରସ୍

ବ୍ରିଟେନ୍‌ରେ ରହୁଥିବା ଦୁଇବର୍ଷର ଲିଲି ନାମକ ଏକ ଛୋଟ ଝିଅ । ଯିଏ ଏକ ଭିନ୍ନ ଅଭ୍ୟାସରେ ପଡିଯାଇଛି । ତାକୁ ସାମାନ୍ୟ ଦ୍ରବ୍ୟ ଖାଇବାର ରୁଚି ବହୁତ କମ୍ ଥାଏ। ଡାକ୍ତରଙ୍କ ମତ ଅନୁସାରେ ଲିଲି ପିକା ନାମକ ଏକ ରୋଗରେ ପୀଡିତ । ଏହି ରୋଗ କାରଣରୁ ଲିଲିକୁ ଟଏଲେଟ୍ ସଫା କରାଯାଉଥିବା ବ୍ରସ୍ ଏବଂ କପଡା ଖାଇବାର ଅଭ୍ୟାସ ରହିଛି । ଡାକ୍ତର ମଧ ଲିଲିର ଏପରି ବ୍ୟବହାରରେ ଆଶ୍ଚର୍ଯ୍ୟ ହୋଇଯାଇଛନ୍ତି । କେତେବେଳେ ଲିଲି କାହାର ନଜର ଆଢୁଆଳରୁ ଖସିଯିବାରେ ସଫଳ ହୋଇଛି । ଏହାପରେ ସେ ସିଧା ବାଥରୁମ୍ ଭିତରେ ପସିଯାଏ ଏବଂ ସେଠାରେ ରଖାଯାଇଥିବା କପଡା ଏବଂ ଟଏଲେଟ୍ ବ୍ରସ୍‌କୁ ଖାଇବା ଆରମ୍ଭ କରିଦେଇଥାଏ ।

# ଓଲଟା ଚାଲିବାର ଅଭ୍ୟାସ



ଦୁନିଆରେ ଭିନ୍ନ ଭିନ୍ନ କାହାଣୀ ବହନ କରୁଥିବା ଲୋକ ବାସବାସ କରନ୍ତି। ଏବେ ଦେଖନ୍ତୁ ତାମିଲ୍‌ନାଡୁର ତ୍ରିପୁରାରେ ରହୁଥିବା ମଣିମଣିଥନ୍ ଯିଏ ଓଲଟା ଚାଲିଥାନ୍ତି। ୧୯୮୯ରେ ଦେଶଯାକରେ ସୃଷ୍ଟି ହୋଇଥିବା ଆତଙ୍କ ଘଟଣାରେ ଆହତ ହୋଇଥିଲେ ତ୍ରିପୁରାର ମଣିମଣିଥନ୍। ବିଶ୍ୱଶାନ୍ତି ପ୍ରତିଷ୍ଠା ପାଇଁ ଓଲଟା ଚାଲିବା ତାଙ୍କର ଏକ ଅଭିନବ ପ୍ରୟାସ ବୋଲି ମଣି କହନ୍ତି। ଦୀର୍ଘ ୨୬ବର୍ଷ କାଳ ଏଭଳି ଅଜବ୍ ଢ଼ଙ୍ଗରେ ଚାଲିବା ଅଭ୍ୟାସ ଜାରି ରଖିଛନ୍ତି। ତେବେ ଚାଲିବା ସମୟରେ ତାଙ୍କୁ ସଡକ ପାର କରିବାକୁ ପଡୁ କି ସିଡି ଚଢିବାକୁ ହେଉ ସେ ସଦାସର୍ବଦା ଓଲଟା ହିଁ ଚାଲିଥାନ୍ତି। ଫଳରେ ସିଧା ଚାଲିବା ସେ ସମ୍ପୂର୍ଣ୍ଣ ରୂପେ ଭୁଲି ଗଲେଣି ଏବଂ ଓଲଟା ଚାଲିବା ନିତିଦିନିଆ ଅଭ୍ୟାସରେ ପରିଣତ ହୋଇଗଲାଣି।

## ଆଜିର ଭାଗ୍ୟ

**ମେଷ** – ସେବା ମନୋଭାବ ଯୋଗୁଁ କର୍ମକ୍ଷେତ୍ରରେ ସମ୍ମାନୀୟ ବ୍ୟକ୍ତି ବିଶେଷଙ୍କଠାରୁ ସାହାଯ୍ୟ ସହଯୋଗ ପାଇବେ। ବ୍ୟବସାୟ ଓ ନିର୍ମାଣ କ୍ଷେତ୍ରରେ ସମସ୍ୟର ସମାଧାନ ହେବ। ଶତ୍ରୁ ବୃଦ୍ଧି ହୋଇପରେ। ମହିଳାମାନେ ମାନସିକ ଚିନ୍ତାର ଶିକାର ହେବେ।

**ବୃଷ** – ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଭିନ୍ନ ରୂପ ଦେଲେ ମଧ୍ୟ ଆପଣ ନିଜର କଳା କୌଶଳ ପ୍ରୟୋଗ କରି ଜୟ ଯୁକ୍ତ ହେବେ। ଅର୍ଥ ସଂଗ୍ରହ କରିବାରେ ତତ୍ପରତା ପ୍ରକାଶ କରିବେ। ମହିଳାମାନେ ଅପମାନିତ ହୋଇପରନ୍ତି।

**ମିଥୁନ** – ସମସ୍ୟା ଉପରେ ସମସ୍ୟାର ସମାଧାନ କରି ବ୍ୟସ୍ତ ବିବ୍ରତ ହୋଇ ପଡିବେ। ସାଧାରଣ କଥାକୁ କେନ୍ଦ୍ର କରି ମନରେ ବିରକ୍ତି ଭାବ ସୃଷ୍ଟି ହୋଇପାରେ। ଆର୍ଥିକ ସ୍ୱଚ୍ଛଳତା ଓ ବନ୍ଧୁଙ୍କର ସାନ୍ନିଧ ଲାଭରୁ ଖୁସି ହେବେ।

**କର୍କଟ** – ପ୍ରତ୍ୟେକ କ୍ଷେତ୍ରରେ ସମସ୍ୟା ଆସିବାରୁ ମନ ଭାରାକ୍ରାନ୍ତ ରହିବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ସକାଶେ ଚିନ୍ତା କରିପାରନ୍ତି। ରାଜନୀତି କ୍ଷେତ୍ରରେ ପଦ ମର୍ଯ୍ୟାଦ ବୃଦ୍ଧି ପାଇବ। ଆଗାମୀ ମାଙ୍ଗଳିକ କାର୍ଯ୍ୟ ସକାଶେ ତତ୍ପରତା ପ୍ରକାଶ ପାଇବ।

**ସିଂହ** – ପ୍ରତ୍ୟେକ କ୍ଷେତ୍ରରେ ସଫଳତା ମିଳିବ। ସାମ୍ପତ୍ୟ ଜୀବନରେ ବୁଝାମଣା ନେଇ ତିକ୍ତତା ଦେଖା ଦେଇପାରେ। ନିର୍ମାଣ କ୍ଷେତ୍ରରେ ପ୍ରତିବନ୍ଧକ ସୃଷ୍ଟି ହୋଇପରେ। ଯେତେ ଭଲ କାମ କଲେ ମଧ ପ୍ରଶଂସା ବଦଳରେ ଅଭିଯୋଗ ପାଇବେ।

**କନ୍ୟା** – ପ୍ରତ୍ୟେକ କ୍ଷେତ୍ରରେ ଖର୍ଚ୍ଚାନ୍ତ ହୋଇ ଆଶା ପୂରଣ କରିବେ। କର୍ମକ୍ଷେତ୍ରରେ ସଙ୍କଟର ସମ୍ମୁଖୀନ ହେଲେ ମଧ କାର୍ଯ୍ୟକ୍ଷେତ୍ରରେ ସଫଳତା ହାସଲ କରିବେ। ଆନୁଷ୍ଠାନିକ କାମରେ ମହିଳାମାନେ ସମସ୍ୟାର ଦୃଢ଼ ମୁକାବିଲା କରିବେ।

**ତୁଳା** – ସ୍ତ୍ରୀଙ୍କର ପ୍ରେରଣା ଓ ସହଯୋଗରୁ ଉପକୃତ ହେବେ। କର୍ମକ୍ଷେତ୍ରରେ ଅତ୍ୟଧିକ ଖର୍ଚ୍ଚ କରିବାକୁବାଧ ହେବେ। ଆଶା କରୁଥିବା ଦିଗରୁ ଶୁଭ ଖବର ପାଇବେ। ମୋଟା ଅଙ୍କର ଅର୍ଥ ଖର୍ଚ୍ଚ କରି ସ୍ଥଗିତ କାମକୁ ତ୍ୱରାନିତ୍ୱ କରିବେ।

**ବିଛା** – ଚୁରତାର ସହ ବନ୍ଧୁଙ୍କ ମନରେ ବିଶ୍ୱାସ ଜନ୍ମାଇ କର୍ଯ୍ୟ ହାସଲ କରିବାରେ ସମର୍ଥ ହେବେ। ମାଙ୍ଗଳିକ କାର୍ଯ୍ୟ ସକାଶେ ଆଲୋଚନାରେ ବ୍ୟସ୍ତ ରହିବେ। ମନୋରଞ୍ଜନ କାର୍ଯ୍ୟକ୍ରମରେ ନିଜକୁ ନିୟୋଜିତ କରି ସାମୟିକ ଆନନ୍ଦ ପ୍ରାପ୍ତ କରିବେ।

**ଧନୁ** – ପାରିବାରିକ ଅସ୍ଥିରତା ଲାଗି ରହିଥିଲେ ମଧ ପ୍ରତିକୂଳ ପରିସ୍ଥିତିର ଚାପ କ୍ରମଶଃ କମ୍ ହେବ। ବନ୍ଧୁମାନଙ୍କ ଦ୍ୱାରା ସମସ୍ୟାର ସରଳ ସମାଧାନ ହେବ। ରାଜନୀତିକ ସ୍ତରରେ ଉନ୍ନତି କରିବେ। ମହିଳାମାନେ ପରିବାରର କଥାକୁ ଚିନ୍ତା କରି ଅସ୍ଥିର ହେବେ।

**ମକର** – କର୍ମକ୍ଷେତ୍ରରେ ଧୀରେ ସୁସ୍ଥେ ଗତି କରିବେ। ବ୍ୟବସାୟକୁ ଆଗକୁ ବଢ଼ାଇବା ପାଇଁ ପଦକ୍ଷେପ ଗ୍ରହଣ କରିବେ। ନିଜ ଦୋଷରୁ ନିଜ ପାଇଁ ଅସୁବିଧା ସୃଷ୍ଟି କରିବେ। ମହିଳାମାନେ ଗଠନ ମୂଳକ ପରାମର୍ଶ ପାଇ ଖୁସି ହେବେ।

**କୁମ୍ଭ** – ସନ୍ତାନମାନଙ୍କ ସ୍ୱାସ୍ଥ୍ୟ ଓ ସ୍ୱଭାବ ଯୋଗୁଁ ବିଚଳିତ ରହିବେ। ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କର ସାହାଯ୍ୟ ଲୋଡିବେ। ବ୍ୟବସାୟ କ୍ଷେତ୍ରରେ ଆଶାନୁରୂପକ ଲାଭବାନ ହେବେ। ମହିଳାମାନଙ୍କର ସ୍ୱାସ୍ଥ୍ୟହାନୀ ଘଟିପାରେ।

**ମୀନ** – ଦୁଃସାହସିକ ପଦକ୍ଷେପ ନେଇ କର୍ମକ୍ଷେତ୍ରରେ ପ୍ରଶଂସିତ ହେବେ। ମଜଲିଆ କଥା କହି ବନ୍ଧୁଙ୍କୁ ଆକର୍ଷିତ କରିବେ। କେତେକ କ୍ଷେତ୍ରରେ ଚାପରୁ ସମ୍ମୁଖୀନ ହୋଇପାରନ୍ତି। ସନ୍ତାନଙ୍କ ପାଇଁ ଗୌରାବାନିତ୍ୱ ମନେ କରିବେ।




# ଅସାମ୍ବିଧାନିକ ଉପାୟରେ ଜିଗ୍ନେସ୍ ମେଓ୍ୱାନିଙ୍କୁ ଗିରଫ କରିବା ନିନ୍ଦନୀୟ

ଭୁବନେଶ୍ୱର (ପିଏନ୍): ଜିଗ୍ନେସ ମେଓ୍ୱାନିଙ୍କୁ ଅସାମ୍ବିଧାନିକ ଉପାୟରେ ଗିରଫର ପ୍ରତିବାଦ ଓ ତୁରନ୍ତ ଖଲାସ ଦାବିରେ ପ୍ରଦେଶ କଂଗ୍ରେସ ଅନୁସୂଚିତ ଜାତି ବିଭାଗ ଅଧ୍ୟକ୍ଷ ବାଙ୍କନିଧି ବେହେରାଙ୍କ ନିର୍ଦ୍ଦେଶକ୍ରମେ ଅନୁସୂଚିତ ଜାତି ବିଭାଗ ପକ୍ଷରୁ ମାନ୍ୟବର ରାଜ୍ୟପାଳଙ୍କୁ ଏକ ସ୍ମାରକପତ୍ର ପ୍ରଦାନ କରାଯାଇଅଛି । ଶ୍ରୀଯୁକ୍ତ ଜିଗ୍ନେସ ମେଓ୍ୱାନି ଜଣେ ଦକ୍ଷ, ବିଶିଷ୍ଟ ଦଳିତ ନେତା ଓ ବିଧାୟକ ବାଗାଦାମ ବିଧାନସଭା ନିର୍ବାଚନ ମଣ୍ଡଳି (ଗୁଜରାଟ) ଗତ.୨୧.୦୪.୨୦୨୨ତାରିଖ ମଧ୍ୟରାତ୍ରିରେ ଗୁଜୁରାଟର ପାଲାନପୁର ସର୍କିଟ୍ ହାଉସ୍‌ରୁ ଆସାମ ପୋଲିସ୍ ଗିରଫ କରିଛନ୍ତି ବୋଲି ଆମ୍ଭ ନଜରକୁ ଆସିଛି । ନିକଟରେ ବିଜେପି ନେତା ଓ କେନ୍ଦ୍ର ଗୃହମନ୍ତ୍ରୀ ଅମିତ ଶାହ ଅଭିଯୋଗ କରିଛନ୍ତି ଯେ, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ସମ୍ପର୍କରେ ଜିଗ୍ନେସ ମେଓ୍ୱାନି କରିଥିବା ଟ୍ୱିଟ୍ ଏକ ଅବାସ୍ତବ । ଆସାମର କୋକ୍ରୋଟର ଜିଲ୍ଲାର ଏକ ବିଜେପି ନେତା ଅରୁପ କୁମାର ଦେଙ୍କ ଅଭିଯୋଗ କ୍ରମରେ ଦର୍ଶାଇଛନ୍ତି ଯେ ଜିଗ୍ନେସ ମେଓ୍ୱାନିଙ୍କ ଟ୍ୱିଟ୍‌ଟି କିଛି ଗୋଷ୍ଠୀର ଜନସାଧାରଣଙ୍କ ମଧ୍ୟରେ ଉତେଜନା ସୃଷ୍ଟି କରିବ ଓ ସଂହତିରେ ବାଧା ସୃଷ୍ଟି କରିବ । ଜଣେ ବିଜେପି କର୍ମୀଙ୍କ ଅଭିଯୋଗ କ୍ରମେ ଜଣେ ନିର୍ବାଚିତ ଜନପ୍ରତିନିଧିଙ୍କୁ ଏଭଳି ଭାବରେ ଗିରଫ କରାଯିବା, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ସମ୍ପର୍କରେ ଏକ ଟ୍ୱିଟ୍‌କୁ ନେଇ ଆସାମ ମୁଖ୍ୟମନ୍ତ୍ରୀ ହେମନ୍ତ ବିଶ୍ୱକର୍ମାଙ୍କର ସରକାର ଏକ ଭୀରୁ ଏବଂ ପ୍ରତିଶୋଧପରାୟଣ, ବିଜେପି ସରକାର ବୋଲି ମନେହୁଏ । କେହିବି ଦଳିତ, ଆଦିବାସୀ ଓ ବଂଚିତ ବର୍ଗ ପାଇଁ ସ୍ୱର ଉଠାଇଲେ ବିଜେପି ସରକାର ତାଙ୍କର ପ୍ରତିଶୋଧପରାୟଣ ରୂପ ଦେଖାଇଥାନ୍ତି । ନିକଟରେ ଗୁଜରାଟ ପ୍ରଦେଶର ବିଧାନ ସଭା ନିର୍ବାଚନ ପାଖେଇ ଆସୁଥିବାରୁ କେନ୍ଦ୍ର ବିଜେପି ସରକାର, ଗ୍ୟାସ୍, ପେଟ୍ରୋଲ୍, ଡିଜେଲ୍, ସି.ଏନ୍.ଜି. ଓ ଅତ୍ୟାବଶକୀୟ ଦ୍ରବ୍ୟର ଅହେତୁକ ମୂଲ୍ୟ ବୃଦ୍ଧି ଉପରୁ ଜନସାଧାରଣଙ୍କ ନଜର ହଟାଇବା ଓ କୋଭିଡ୍ ମୃତ୍ୟୁକୁ ନିୟନ୍ତ୍ରଣ କରିବାରେ ଗୁଜରାଟ ସରକାର ବିଫଳ ଇତ୍ୟାଦିରୁ ନିଜର ବଦନାମକୁ ଲୁଚାଇବା ପାଇଁ କ୍ଷମତାର ଅପବ୍ୟବହାର କରି ଏ ସବୁ ହୀନ ଚକ୍ରାନ୍ତ କରୁଛନ୍ତି । ଓଡ଼ିଶା ପ୍ରଦେଶ କଂଗ୍ରେସ କମିଟି ଅନୁସୂଚିତ ଜାତି ବିଭାଗ ପକ୍ଷରୁ ଜିଗ୍ନେସଙ୍କୁ ଅସାମ୍ବିଧାନିକ ଉପାୟରେ ଗିରଫ କରାଯାଇଥିବାରୁ ଏ ଘଟଣାର ତିବ୍ର ନିନ୍ଦା କରାଯିବା ସହିତ, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି, ଗୃହମନ୍ତ୍ରୀ ଅମିତ ଶାହ, ଓ ଆସାମ ମୁଖ୍ୟମନ୍ତ୍ରୀ ହେମ' ବିଶ୍ୱଶର୍ମା, ଜିଗ୍ନେସଙ୍କୁ ଲିଖିତ ଆକାରେ କ୍ଷମା ମାଗିବା ସହିତ ତାଙ୍କୁ ଖଲାସ କରି, ତାଙ୍କର ଗୁଜରାଟ ପ୍ରଦେଶର ଗୃହକୁ ପଠାଇବାର ସୁବନ୍ଦୋବସ୍ତ କରିବା ପାଇଁ ପ୍ରଦେଶ କଂଗ୍ରେସ ଅନୁସୂଚିତ ଜାତି ବିଭାଗ ପକ୍ଷରୁ ଦାବ କରାଯାଇଅଛି । ଅଖିଳ ଭାରତୀୟ କଂଗ୍ରେସ କମିଟି ଅନୁସୂଚିତ ଜାତି ବିଭାଗର ଓ ରାଜ୍ୟ ଅଧ୍ୟକ୍ଷ ଶ୍ରୀ ବାଙ୍କନିଧି ବେହେରାଙ୍କ ନିର୍ଦ୍ଦେଶକ୍ରମେ ଏହି ପ୍ରତିନିଧି ମଣ୍ଡଳୀରେ କଂଗ୍ରେସ ଅନୁସୂଚିତ ଜାତି ବିଭାଗର କର୍ମକର୍ତା ସନ୍ତୋଷ କୁମ୍ଭାର, ମାନସ ମଲ୍ଲିକ,ଜାନକି ମଲ୍ଲିକ, ତାପସ ସେଠି ଓ ଜୟନ୍ତ କୁମାର ଭୋଇ ପ୍ରମୁଖ ମାନ୍ୟବର ରାଜ୍ୟପାଳଙ୍କୁ ସ୍ମାରକପତ୍ର ପ୍ରଦାନ କରିଥିଲେ ।

# ଉଜ୍ଜ୍ୱଳ ତାରକାର ଦୁଃଖଦ ଅବସାନ

ଭୁବନେଶ୍ୱର (ପିଏନ୍): ବିଶିଷ୍ଟ ଯୁବ ବୈଜ୍ଞାନିକ ତଥା ଗବେଷକ ଡାକ୍ତର ସୁଜିତ କୁମାର ମହାନ୍ତି ଦୀର୍ଘଦିନ ଧରି ଫୁସ୍‌ଫୁସ୍ ଜନିତ କ୍ୟାନସର୍ ରୋଗରେ ଆକ୍ରାନ୍ତ ହୋଇ ଗତ ଅପ୍ରେଲ ୮ ତାରିଖ ରାତିରେ ଏକ ଘରୋଇ ହସ୍ପିଟାଲ୍‌ରେ ଇହଲୀଳା ସମ୍ବରଣ କରିଛନ୍ତି । ଡକ୍ଟର ସୁଜିତ ମହାନ୍ତି ହେଉଛନ୍ତି ବିଶିଷ୍ଟ ଆଇନଜୀବୀ ତଥା ସମାଜସେବୀ ସୁଧୀର ମହାନ୍ତିଙ୍କ ଦ୍ୱିତୀୟ ପୁତ୍ର । ସୁଜିତ ବ୍ରହ୍ମପୁର ବିଶ୍ୱବିଦ୍ୟାଳୟରୁ କୃତିତ୍ୱର ସହ ବାୟୋ-ଟେକ୍ନୋଲୋଜିରେ ପାସ୍ କରିବା ପରେ ଇଣ୍ଡିଆନ୍ ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ କେମିକାଲ୍ ଟେକ୍ନୋଲୋଜି, ହାଇଦ୍ରାବାଦରେ ଅଧ୍ୟୟନ କରି ସେଠାରେ ପ୍ରଥମ ଶ୍ରେଣୀରେ ପ୍ରଥମ ହୋଇ ପାସ୍ କରିଥିଲେ । ତା'ପରେ ସେ ଇଣ୍ଡିଆନ୍ ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ ସାଇନ୍‌ସ, ବାଙ୍ଗାଲୋରରେ ପଢୁଥିବା ସମୟରେ ବିଭିନ୍ନ ବୈଜ୍ଞାନିକମାନଙ୍କ ଦ୍ୱାରା ଅନୁପ୍ରାଣିତ ହୋଇ ସମ୍ପୂର୍ଣ୍ଣ ଛାତ୍ରବୃତ୍ତି ପାଇ ଉଚ୍ଚଶିକ୍ଷା ହାସଲ କରିବାକୁ ଆମେରିକା ଯାଇଥିଲେ । ସେଠାରେ ଆଇ.ଓ.ଡବ୍ଲ୍ୟୁ.ଏ. ୟୁନିଭରସିଟିରେ ବାୟୋକେମିକାଲ୍ ଇଞ୍ଜିନିୟରିଂରେ ପାସ୍ କରିବା ସଙ୍ଗେସଙ୍ଗେ ପି.ଏଚ୍‌ଡି. ହାସଲ କରିଥିଲେ । ଏହାପରେ ଏକ ବେସରକାରୀ କମ୍ପାନୀରେ କାମ କରି ଗବେଷଣା କରିଥିଲେ । ତାପରେ ପୋଷ୍ଟ ଡକ୍ଟରେଟ୍ କରିବା ସମୟରେ ଆମେରିକାର ବିଶିଷ୍ଟ ଓଡ଼ିଆ ଶିଳ୍ପପତି ଡାକ୍ତର ଶୀତିକଣ୍ଠ ଦାସଙ୍କ ଦ୍ୱାରା ଅନୁପ୍ରାଣିତ ହୋଇ ନିଜ ରାଜ୍ୟରେ ଶିଳ୍ପର ବିକାଶ ପାଇଁ କାର୍ଯ୍ୟ କରିବା ପାଇଁ ୨୦୧୯ ମସିହାରେ ଓଡ଼ିଶା ଫେରି ଆସିଥିଲେ । ଭୁବନେଶ୍ୱରରେ ସ୍ୱାଲୋକମ ବାଇଅଭେଞ୍ଚର୍ କମ୍ପାନୀ ଗଠନ କରି କାର୍ଯ୍ୟ ଆରମ୍ଭ କରିବା ସମୟରେ ଦୁଇଥର କୋରୋନାରେ ଆକ୍ରାନ୍ତ ହୋଇଥିଲେ । ଆରୋଗ୍ୟ ଲାଭ କରିଥିଲେ ମଧ୍ୟ ପରବର୍ତ୍ତୀ ପର୍ଯ୍ୟାୟରେ କ୍ୟାନ୍‌ସର୍‌ରେ ଆକ୍ରାନ୍ତ ହୋଇଥିଲେ । ଟାଟା ମେମୋରିଆଲ୍ ହସ୍ପିଟାଲ୍‌ରେ ଚିକିତ୍ସିତ ହୋଇଥିଲେ ମଧ୍ୟ ତାଙ୍କର ସ୍ୱାସ୍ଥ୍ୟାବସ୍ଥାରେ ବିଶେଷ ଅଗ୍ରଗତି ପରିଲକ୍ଷିତ ହୋଇ ନଥିଲା । ଭୁବନେଶ୍ୱରରେ ସମ୍ ହସ୍ପିଟାଲ୍‌ରେ ଚିକିତ୍ସିତ ଅବସ୍ଥାରେ ତାଙ୍କର ଦେହାନ୍ତ ହୋଇଥିଲା । ମୃତ୍ୟୁଶଯ୍ୟା ନିକଟରେ ତାଙ୍କ ମାତା ରଞ୍ଜିତା ମହାନ୍ତି, ବଡ଼ଭାଇ ଡାକ୍ତର ସୁବ୍ରତ ମହାନ୍ତି, ଭାଉଜ ଲଭଲିନ୍ ମହାନ୍ତି, ସାନଭାଇ ଡକ୍ଟର ସନ୍ଦୀପ ମହାନ୍ତି, ଭାଇବୋହୂ ଡଃ ପ୍ରିୟଙ୍କା ମହାନ୍ତି ଉପସ୍ଥିତ ଥିଲେ ।

# ଲେଖକ ସମବାୟ ସମିତିର ରାଜ୍ୟସ୍ତରୀୟ କବିତା ପାଠ

ଆନନ୍ଦପୁର (ପିଏନ୍): ଆନନ୍ଦପୁର ଲେଖକ ସମବାୟ ସମିତିର ଦଶମ ବାର୍ଷିକ ସାରସ୍ୱତ ସମାରୋହ ଅବସରରେ ଏକ କବିତା ପାଠ ଉତ୍ସବ ଅନୁଷ୍ଠିତ ହୋଇଯାଇଛି । ଏହି ସମାରୋହର ପ୍ରଥର ପର୍ଯ୍ୟାୟରେ ଅନୁଷ୍ଠିତ ଆସରକୁ ଓଡିଶା ସଙ୍ଗୀତ ନାଟକ ଏକାଡେମୀ ପୁରସ୍କାରପ୍ରାପ୍ତ ପାଲାକାର ଗୋବିନ୍ଦ ଚନ୍ଦ୍ର ପାଣିଗ୍ରାହୀ ପ୍ରଦୀପ ପ୍ରଜ୍ୱଳନ କରି ଉଦ୍‌ଘାଟନ କରିଥିଲେ । ମ ାସୀନ ଅତିଥି ମାନଙ୍କ ମଧ୍ୟରେ ଅନ୍ୱେସା ସାହିତ୍ୟ ସଂସଦର ସଭାପତି ସୁରେନ୍ଦ୍ର କୁମାର ବେହେରା, କୁଶଳେଶ୍ୱର ସାହିତ୍ୟ ସଂସଦର ଉପସଭାପତି ମଙ୍ଗୁଳି ଚରଣ ପୃଷ୍ଟି, ସମ୍ବାଦ ସାହିତ୍ୟ ଘର ହାଟଡିହୀର ସଭାପତି ଅନ୍ତର୍ଯ୍ୟାମୀ ରାଉତ ଏବଂ ବଉଳା ସାହିତ୍ୟ ସଂସଦର କର୍ମକର୍ତ୍ତା ଅଧ୍ୟାପକ ସୁବାସ ପାତ୍ର, ଶ୍ରୀକାନ୍ତ ପଟ୍ଟନାୟକ ପ୍ରମୁଖ ଯୋଗଦେଇ ସାହିତ୍ୟରେ କବିତାର ଭୂମିକା ସମ୍ପର୍କରେ ଆଲୋକପାତ କରିଥିଲେ । ରତ୍ନାକର ଦାସଙ୍କ ସଂଯୋଜନାରେ ଆୟୋଜିତ ଏହି ଭବ୍ୟ କବିତା ପାଠରେ ଯାଜପୁର, ଭଦ୍ରକ, କଟକ, ବାଲେଶ୍ୱର ଓ ମୟୁରଭଂଜ ଅଂଚଳର କବିମାନେ ସେମାନଙ୍କର ସ୍ୱରଚିତ କବିତା ଆବୃତି କରିଥିଲେ । ଆନନ୍ଦପୁର ଅଂଚଳର କବିମାନଙ୍କ ମଧ୍ୟରେ ଧୁମକେତୁ ଦାସ, ଅର୍ଜୁନ ବେହେରା, ମୁରଲୀଧର ବେହେରା, ଉମାକାନ୍ତ ଜେନା, ନରହରି ରାଉତ, ବନମାଳୀ ଜେନା, ଅଭୟ ସାମଲ, ବାମନ ବେହେରା, ସୁଦାମ ଚରଣ ଜେନା, ସୁରେନ୍ଦ୍ର କୁମାର ପରିଡା, ଦଶରଥ ସାହୁ, ରାମଚନ୍ଦ୍ର ଜେନା, ନିରନ ସାହୁ, ଗୋବର୍ଦ୍ଧନ ନାୟକ, ବୈଲୋଚନ ସାହୁ, ଜ୍ୟୋସ୍ନା ଦାସ, ମାଳତୀ ପଣ୍ଡା, କୀର୍ତ୍ତନ ସାହୁ, ରଘୁନାଥ ପଣ୍ଡିତ ପ୍ରମୁଖ କବିମାନେ କବିତା ଆବୃତ୍ତି କରିଥିଲେ । ପ୍ରଥମରେ ଛାତ୍ରୀ ସୁଦେସ୍ନା ସାହୁ ଆବାହନୀ ସଙ୍ଗୀତ ଗାନ କରିଥିଲେ ଓ ଅନୀଲ ସାହୁ ଧନ୍ୟବାଦ ଅର୍ପଣ କରିଥିଲେ ।

# ରାଉରକେଲା ସ୍ୱରେଜ୍ ପ୍ରକଳ୍ପରେ ଦୁର୍ନୀତି ଓ ଅନିୟମିତତା ନେଇ ଏଡିଏମ୍‌ଙ୍କୁ ସାକ୍ଷାତ କଲା ଜିଲ୍ଲା କଂଗ୍ରେସ

ରାଉରକେଲା (ପିଏନ୍): ରାଉରକେଲା ସ୍ୱରେଜ୍ ପ୍ଲାଣ୍ଟ ପ୍ରକଳ୍ପରେ ହୋଇଥିବା ବ୍ୟାପକ ଦୁର୍ନୀତି, ଅନିୟମିତତା ତଥା ବୋର୍ଡ କର୍ତ୍ତୃପକ୍ଷଙ୍କ ତରଫରୁ ଠିକା ସଂସ୍ଥା ଏଲ୍‌ଆଣ୍ଡଟି କମ୍ପାନୀ ବେଆଇନ୍ ଭାବେ ଯୋଗାଇ ଦିଆଯାଉଥିବା ସୁବିଧା ସମ୍ପର୍କରେ ଜିଲ୍ଲା କଂଗ୍ରେସ ତରଫରୁ ରାଉରକେଲା ଅତିରିକ୍ତ ଜିଲ୍ଲାପାଳ ତଥା ମହାନଗର ନିଗମର କମିଶନର ଡ.ଶୁଭଙ୍କର ମହାପାତ୍ରଙ୍କୁ ସାକ୍ଷାତ କରି ସମସ୍ତ ବିଷୟ ଅବଗତ କରାଯାଇଛି । ପ୍ରାୟ ୩୪୮ କୋଟି ଟଙ୍କା ବ୍ୟୟ ମୁରୀରେ ଗତ ୨୦୧୭ ମସିହାରେ ଏହି ପ୍ରକଳ୍ପ କାର୍ଯ୍ୟ ଆରମ୍ଭ କରାଯାଇ ୨୦୨୦ ଜାନୁୟାରୀ ସୁଦ୍ଧା କାର୍ଯ୍ୟ ସାରିବା ପାଇଁ ଲକ୍ଷ୍ୟ ଧାର୍ଯ୍ୟ କରାଯାଇଥିଲେ ହେଁ ଅଦ୍ୟାବଧି ତାହା ସମ୍ପୂର୍ଣ୍ଣ ହୋଇ ନାହିଁ । ଯେଉଁ କାର୍ଯ୍ୟ ହାତକୁ ନିଆଯାଇଛି ସେଥିରୁ ବର୍ତ୍ତମାନ ସୁଦ୍ଧା ୨୦ ପ୍ରତିଶତ ବାକି ଥିବାବେଳେ ଯେଉଁ କାମ କରାଯାଇଛି ତାହା ଅତ୍ୟ' ନିମ୍ନମାନର ହୋଇଥିବାରୁ ତାହା ସହରବାସୀଙ୍କ ପାଇଁ ସର୍ବଦା ସମସ୍ୟା ସୃଷ୍ଟି କରୁଛି ବୋଲି କଂଗ୍ରେସ ନେତୃବୃନ୍ଦ ଅତିରିକ୍ତ ଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ କରିଛନ୍ତି । ଏହି ଅବସରରେ ଅତିରିକ୍ତ ଜିଲ୍ଲାପାଳଙ୍କୁ ପ୍ରଦତ୍ତ ଏକ ସ୍ମାରକପତ୍ରରେ କୁହାଯାଇଛି ଯେ, ମୁଖ୍ୟମାର୍ଗର ତାରିଣୀ ମନ୍ଦର ଠାରୁ ରଘୁନାଥପାଲ୍ଲୀ ଥାନା ପର୍ଯ୍ୟ' ଓ ଏସ୍‌ଟିଆଇ ଓଭରବ୍ରିଜ ଠାରୁ ବିରଜାପାଲ୍ଲୀ ଓଭର ବ୍ରିଜ୍ ପର୍ଯ୍ୟ' ସ୍ୱରେଜ୍ ପାଇପ୍ ବିଛାଯାଇ ନାହିଁ । ସେହିପରି ଛେଣ୍ଡ ଭିଏସ୍‌ଏସ୍ ମାର୍କେଟ ଛକଠାରୁ ବିଏସ୍‌ଏନ୍‌ଏଲ ଛକ ପର୍ଯ୍ୟ' ଉଭୟ ପାର୍ଶ୍ୱରେ ମଧ୍ୟ ପାଇପ୍ ବିଛାଯାଇ ନାହିଁ । ମୂଳ ଡ୍ରଇଁରେ ପାଇପ୍ ବିଛାଇବା ବ୍ୟବସ୍ଥା ଥିଲେ ହେଁ କାହିଁକି ଏଠାରେ ପାଇପ୍ ବିଛାଯାଇ ନାହିଁ ଓ ଏ ବାବଦ ଅର୍ଥ କୁଆଡେ ଗଲା ତାହା ଅନୁଧ୍ୟାନ କରିବାକୁ ସ୍ମାରକପତ୍ରରେ ଉଲ୍ଲେଖ କରାଯାଇଛି । ସେହିପରି ଯେଉଁ ପାଇପ୍ ବିଛା କାର୍ଯ୍ୟ କରାଯାଇଛି ଏଥିରେ ଆବଶ୍ୟକୀୟ ଗ୍ରାନାଇଟ୍ ପଥର ଚିପ୍‌ସ ଓ ଆବଶ୍ୟକୀୟ ବାଲି ଭର୍ତ୍ତି କରାଯାଇନଥିବାରୁ ବିଭିନ୍ନ ସ୍ଥାନରେ ରାସ୍ତା ଦବିଯାଉଥିବା ଦେଖାଯାଉଛି । ଯାହାର ଉଦାହରଣ ହେଉଛି ଜୋଲ୍ ରୋଡ୍, ଛେଣ୍ଡ ମୁଖ୍ୟମାର୍ଗ, ଆଇଟିଆଇ କଳିଙ୍ଗ ବିହାର ରାସ୍ତା, ବାସ'୧ ପାଣି ଟାଙ୍କି ରାସ୍ତା ଇତ୍ୟାଦି । ଅତ୍ୟ' ନିମ୍ନମାନର କାର୍ଯ୍ୟ କରାଯାଇ ପାଇପ୍ ଲାଇନର ମେନ୍ ହୋଲ ନିର୍ମାଣ କରାଯାଇଥିବାରୁ ସେଗୁଡିକ କେଉଁଠି ରାସ୍ତା ଉପରେ ତ ଆଉ କେଉଁଠି ରାସ୍ତା ତଳେ ରହିଛି । ଫଳରେ ପ୍ରତିଦିନ ଛୋଟବଡ ଦୁର୍ଘଟଣାର କାରଣ ସାଜୁଛି । ପାଇପ୍ ବିଛା କାର୍ଯ୍ୟ ପରେ ରାସ୍ତା ନିର୍ମାଣ କରି ୫ ବର୍ଷ ପାଇଁ ମରାମତି ଓ ରକ୍ଷଣାବେକ୍ଷଣର ଦାୟିତ୍ୱ ଠିକା ସଂସ୍ଥା ଏଲ୍‌ଆଣ୍ଡଟି କମ୍ପାନୀର ହୋଇଥିବା ବେଳେ ସମ୍ପ୍ରତି ଦବିଯାଉଥିବା ଓ ଭୁଷୁଡି ପଡୁଥିବା ରାସ୍ତାଗୁଡିକୁ କାହିଁକି ଆର୍‌ଏମ୍‌ସି ନିର୍ମାଣ କରୁଛି ବୋଲି ଦଳ ତରଫରୁ ପ୍ରଶ୍ନ କରାଯାଇ ଏହାର ଅନଧ୍ୟାନ କରିବାକୁ ଅତିରିକ୍ତ ଜିଲ୍ଲାପାଳଙ୍କୁ ଅନୁରୋଧ କରାଯାଇଛି । ଛେଣ୍ଡ ବାଗୁଡି ବସ୍ତି ଓ ବ୍ୟାଙ୍କ କଲୋନୀରେ ସ୍ୱରେଜ୍ ପାଇପ୍ ବିଛାଇବା ପାଇଁ ମୂଳ ଡ୍ରଇଁରେ ବ୍ୟବସ୍ଥା ନଥିବା ବେଳେ ଏ ଅ ଳରେ ପ୍ରାୟ ୩୦ ଲକ୍ଷ ଟଙ୍କାର ପାଇପ୍ ବିଛାଯାଇ ପରିତ୍ୟକ୍ତ ଅବସ୍ଥାରେ ଛାଡି ଦିଆଯାଇଛି । ଏହି ପାଇପ୍ ଲାଇନ୍‌କୁ କୌଣସି ମୁଖ୍ୟ ପାଇପ୍ ଲାଇନ୍ ସହିତ ସଂଯୋଗ କରାଯାଇନଥିବାରୁ ଏହି ପାଇପ୍ ବିଛା କାର୍ଯ୍ୟ ନଷ୍ଟ ହେବା ସହିତ ଏ ବାବଦରେ ବୋର୍ଡର ବିପୁଳ ଅର୍ଥ ନଷ୍ଟ ହେବାକୁ ଯାଉଥିବା ଏହାର ଆବଶ୍ୟକୀୟ ଅନୁଧ୍ୟାନ ପାଇଁ ଅନୁରୋଧ କରାଯାଇଛି । ଅପରପକ୍ଷରେ ଉକ୍ତ ଅ ଳରେ ପାଇପ୍ ବିଛା ବାବଦକୁ ଗୁଡାଏ ମିଥ୍ୟା ବିଲ୍ ପ୍ରସ୍ତୁତ କରାଯାଇ ଲକ୍ଷ ଲକ୍ଷ ଟଙ୍କା ଆତ୍ମସାତ୍ କରାଯାଇଥିବା କଂଗ୍ରେସ ତରଫରୁ ଅଭିଯୋଗ କରାଯାଇଛି । ପ୍ରତ୍ୟେକ ବାସଗୃହକୁ ସ୍ୱରେଜ୍ ସଯୋଗୀକରଣ ପାଇଁ ସରକାର କିଛି ନିର୍ଦ୍ଦେଶନାମା ଜାରି କରିନଥିବା ବେଳେ ସ୍ଥାନୀୟ ସ୍ୱରେଜ୍ ବୋର୍ଡ କର୍ତ୍ତୃପକ୍ଷ ତାଙ୍କର କିଛି ପୋଷା ଠିକାଦାର ମାଧ୍ୟମରେ ବେଆଇନ୍ ଭାବେ ସ୍ୱରେଜ୍ ସଂଯୋଗୀକରଣ ପାଇଁ ଘର ପିଛା ୨୫ରୁ ୪୦ ହଜାର ଟଙ୍କା ଆଦାୟ କରୁଛନ୍ତି । ତେଣୁ ଏହା ମଧ୍ୟ ଅନୁଧ୍ୟାନ ସାପେକ୍ଷ ବୋଲି କଂଗ୍ରେସ ତରଫରୁ କୁହାଯାଇଛି । ସେହିପରି ବୋର୍ଡ କର୍ତ୍ତୃପକ୍ଷଙ୍କ ଦ୍ୱାରା ନିର୍ମିତ ସ୍ୱରେଜ୍ ଟ୍ରିଟ୍‌ମେଣ୍ଟ ପ୍ଲାଣ୍ଟ ପରିସରରେ ଏଲ୍‌ଆଣ୍ଡଟି କମ୍ପାନୀ ୨ ବର୍ଷ ହେଲା ନିଜ କାର୍ଯ୍ୟାଳୟ ଚଳାଉଥିବା ବେଳେ ୨ଟି କୋଠାକୁ ତାର କର୍ମଚାରୀଙ୍କ ପାଇଁ ଅତିଥି ଭବନ ଭାବେ ବ୍ୟବହାର କରୁଛ । ଏହାର ଭଡା ବାବଦକୁ ଟଙ୍କାଟିଏ ଏଲ୍‌ଆଣ୍ଡଟି କମ୍ପାନୀର ବିଲ୍‌ରୁ କଟାଯାଉନଥିବା ବେଳେ କୋଠାରେ ପାଣି ଓ ବିଜୁଳି ବିଲ୍ ବାବଦକୁ ମାସିକ ଲକ୍ଷାଧିକ ଟଙ୍କା ବୋର୍ଡ କର୍ତ୍ତୃପକ୍ଷ ଭରଣା କରୁଛନ୍ତି । ସ୍ୱରେଜ୍ ବୋର୍ଡ କର୍ତ୍ତୃପକ୍ଷ ଏଲ୍‌ଆଣ୍ଡଟି କମ୍ପାନୀ ପ୍ରତି କାହିଁକି ଏପରି ଅହେତୁକ ଅନୁକମ୍ପା ପ୍ରଦର୍ଶନ କରି ସରକାରଙ୍କ ଲକ୍ଷ ଲକ୍ଷ ଟଙ୍କା ରାଜସ୍ୱ ହାନୀ କରୁଛନ୍ତି ତାହା ତଦ' ସାପେକ୍ଷ ବୋଲି ସ୍ମାରକପତ୍ରରେ କୁହାଯାଇଛି । ତେବେ ସ୍ୱରେଜ୍ ପ୍ରକଳ୍ପର ନିର୍ମାଣ କାର୍ଯ୍ୟ ତଦାରଖ ପାଇଁ ରାଜ୍ୟ ସରକାର ସିଙ୍ଗାପୁରର ମେନ୍‌ହରଡାଟ୍ ପ୍ରାଇଭେଟ୍ କମ୍ପାନୀକୁ ୩୪ କୋଟି ଟଙ୍କାରେ ଚୁକ୍ତିବଦ୍ଧ କରିଥିବା ବେଳେ ଉକ୍ତ ସଂସ୍ଥା କ'ଣ ତଦାରଖ କରି କି ରିପୋର୍ଟ ଦେଇଛି ଓ କେତେ ଅର୍ଥ ସେ ବାବଦରେ ସରକାରଙ୍କ ଠାରୁ ନେଇଛି ତାହା ତଦ' ସାପେକ୍ଷ ବୋଲି ସ୍ମାରକପତ୍ରରେ ଉଲ୍ଲେଖ କରାଯାଇଛି । ସମ୍ପ୍ରତି କାର୍ଯ୍ୟ ଅଧପ'ରିଆ ଅବସ୍ଥାରେ ଥିବାବେଳେ ସ୍ୱରେଜ୍ ବୋର୍ଡ କର୍ତ୍ତୃପକ୍ଷ ଏଲ୍‌ଆଣ୍ଡଟି କମ୍ପାନୀକୁ କାର୍ଯ୍ୟ ସମ୍ପୂର୍ଣ୍ଣ ହେବାର ପ୍ରମାଣପତ୍ର ଦେବା ପାଇଁ ପ୍ରସ୍ତୁତି ଚଳାଇଛନ୍ତି । ତେଣୁ ଏହି ଘଟଣାରେ ଅତିରିକ୍ତ ଜିଲ୍ଲାପାଳ ହସ୍ତକ୍ଷେପ କରି ସମସ୍ତ କାର୍ଯ୍ୟ ସମ୍ପୂର୍ଣ୍ଣ ନ ହେବା ପର୍ଯ୍ୟ' ପ୍ରକଳ୍ପର ହସ୍ତା'ର ପ୍ରକ୍ରିୟା ବନ୍ଦ ରଖିବାକୁ ସ୍ମାରକପତ୍ରରେ କଂଗ୍ରେସ ତରଫରୁ ଉଲ୍ଲେଖ କରାଯାଇଛି । ପୂର୍ବତନ ଜିଲ୍ଲା କଂଗ୍ରେସ ସଭାପତି ତଥା ରାଉରକେଲାର ପ୍ରାକ୍ତନ ବିଧାୟକ ପ୍ରାର୍ଥୀ ବିରେନ ସେନାପତି, ବରିଷ୍ଠ ଉପସଭାପତି ଦେବବ୍ରତ ବିହାରୀ, ଅନ୍ୟତମ ଉପସଭାପତି ସ'ୋଷ ବିଶ୍ୱାଳ ଓ କୀର୍ତ୍ତନ ଦାସ, ପୂର୍ବତନ କାର୍ଯ୍ୟକାରୀ ସଭାପତି ସବୀର ହୁସେନ, ପୂର୍ବତନ ପିସିସି ସମ୍ପାଦକ ଗଣେଶ ପ୍ରଧାନ, ଲିଗାଲ ସେଲ୍ ଅଧ୍ୟକ୍ଷ ବିସ୍ମୟ ଦାସ, ଅସଙ୍ଗଠିତ ଶ୍ରମିକ କଂଗ୍ରେସ ଅଧ୍ୟକ୍ଷ ନିହାର ଦାସ, ମହିଳା କଂଗ୍ରେସ ସଭାନେତ୍ରୀ ନିରୂପମା ବଳିୟାରସିଂ, ମୁଖପାତ୍ର କୈଳାସ ସାହୁ, ବ୍ଲକ୍ କଂଗ୍ରେସ ସଭାପତି ପ୍ରଦ୍ୟୁମ୍ନ ଷଡଙ୍ଗୀ, ପୂର୍ବତନ ବ୍ଲକ୍ ସଭାପତି ବିନୋଦ ବିହାରୀ ପଟ୍ଟନାୟକ, ଜିଲ୍ଲା କଂଗ୍ରେସ ସାଧାରଣ ସମ୍ପାଦକ ତୁଳସୀ ନାଗ, କାର୍ଯ୍ୟନିର୍ବାହୀ ସଦସ୍ୟ ଭାସ୍କର ଖିଲ୍ଲାର, ଦିଲ୍ଲୀପ ଜେନା, ସେବାଦଳର ବୁଲୁ ଦାସ, ନରେନ୍ଦ୍ର ବର୍ମା ପ୍ରମୁଖ ଉପସ୍ଥିତ ରହି ସ୍ମାରକପତ୍ର ପ୍ରଦାନ ସହିତ ଆଲୋଚନାରେ ଅଂଶଗ୍ରହଣ କରିଥିଲେ ବୋଲି ଦଳ ତରଫରୁ ଏକ ପ୍ରେସ୍ ବିବୃତିରେ କୁହାଯାଇଛି ।

# ଓଡ଼ିଶାରେ ଯୁବ କଂଗ୍ରେସ ପକ୍ଷରୁ ୟଙ୍ଗ୍ ଇଣ୍ଡିଆ କେ ବୋଲ୍ ସିଜିନ-୨ ଶୁଭାରମ୍ଭ

ଭୁବନେଶ୍ୱର (ପିଏନ୍): ଯୁବ କଂଗ୍ରେସ ପକ୍ଷରୁ ରାଷ୍ଟ୍ରୀୟ ଓ ରାଜ୍ୟସ୍ତରୀୟ ଯୁବ ପ୍ରବକ୍ତା ସଂଗ୍ରହ ନିମନ୍ତେ ଭୁବନେଶ୍ୱରରେ 'ୟଙ୍ଗ ଇଣ୍ଡିଆ କେ ବୋଲ ସିଜିନ-୨' ଅଭିଯାନ ଶୁଭାରମ୍ଭ ହୋଇଛି । କାର୍ଯ୍ୟକ୍ରମରେ ଓଡ଼ିଶା ପ୍ରଦେଶ ଯୁବ କଂଗ୍ରେସ ସଭାପତି ଡ. ସ୍ମୃତି ରଂଜନ ଲେଙ୍କା, ୟଙ୍ଗ ଇଣ୍ଡିଆ କେ ବୋଲ ସିଜିନ-୨ର ଓଡ଼ିଶା ପ୍ରଭାରୀ ନମ୍ରତା ସୋନୀ, ଯୁବ କଂଗ୍ରେସ ରାଷ୍ଟ୍ରୀୟ ପ୍ରବକ୍ତା ତଥା ଓଡ଼ିଶା ସହ ପ୍ରଭାରୀ ଜାବେଦ ଖାନଙ୍କ ସମେତ ଯୁବ କଂଗ୍ରେସର ଅନ୍ୟ ପ୍ରଦେଶ ପଦାଧିକାରୀମାନେ ଉପସ୍ଥିତ ରହି ଅଭିଯାନର ଶୁଭାରମ୍ଭ କରିଥିଲେ ।

ଏହି ଅବସରରେ ପ୍ରଭାରୀ ନମ୍ରତା ସୋନୀ କହିଲେ ଯେ ୟଙ୍ଗ ଇଣ୍ଡିଆ କେ ବୋଲ ହେଉଛି ଏଭଳି ଏକ କାର୍ଯ୍ୟକ୍ରମ, ଯାହା ମାଧ୍ୟମରେ ଯୁବବର୍ଗ ନିଜ ଅଂଚଳଠାରୁ ଆରମ୍ଭ କରି ଜାତୀୟସ୍ତରୀୟ ବିଭିନ୍ନ ପ୍ରସଙ୍ଗ ଉପରେ ନିଜର ଦୃଢ଼ ମତ ଉପସ୍ଥାପନ କରିବାର ସୁଯୋଗ ପାଇପାରିବେ । ଏହି ପ୍ରକ୍ରିୟା ପାଇଁ ଏକ ଗୁଗୁଲ ଫର୍ମ ଜାରି କରାଯାଇଛି, ଯାହାକି ମେ ୩୧ ସୁଦ୍ଧା ପୂରଣ କରାଯାଇପାରିବ । ଦ୍ୱିତୀୟ ପର୍ଯ୍ୟାୟରେ ଏହି ଅଂଶଗ୍ରହଣକାରୀମାନଙ୍କୁ ନେଇ ଜିଲ୍ଲାସ୍ତରରେ ବିଭିନ୍ନ ବକ୍ତୃତା ପ୍ରତିଯୋଗିତା ଆୟୋଜନ କରାଯିବ । ଏଥିରେ କୃତୀ ପ୍ରତିଯୋଗୀ ପରେ ରାଜ୍ୟସ୍ତରୀୟ ଏବଂ ବିଭିନ୍ନ ରାଜ୍ୟରୁ କୃତକାର୍ଯ୍ୟ ହୋଇଥିବା ପ୍ରତିଯୋଗୀ ଜାତୀୟସ୍ତରୀୟ ପ୍ରତିଯୋଗିତାରେ ଅଂଶଗ୍ରହଣ କରିବେ, ଯାହାକି ଆସନ୍ତା ଅକ୍ଟୋବର ମାସରେ ଅନୁଷ୍ଠିତ ହେବ ।

ସହ ପ୍ରଭାରୀ ଜାବେଦ ଖାନ ସୂଚନା ଦେଇ କହିଲେ ଯେ ସାରା ଦେଶରେ ଯୁବ ପ୍ରତିଭା ଓ ସାହସୀ ଯୁବବର୍ଗଙ୍କୁ ଖୋଜି ବାହାର କରିବା ନିମନ୍ତେ ରାହୁଲ ଗାନ୍ଧିଙ୍କ ଅଭିନବ ପରିକଳ୍ପନା ସ୍ୱରୂପ ୟଙ୍ଗ ଇଣ୍ଡିଆ କେ ବୋଲ କାର୍ଯ୍ୟକ୍ରମ ଶୁଭାରମ୍ଭ ହୋଇଛି । ୨୦୨୧ରେ ଭାରତୀୟ ଯୁବ କଂଗ୍ରେସ ପକ୍ଷରୁ ୟଙ୍ଗ ଇଣ୍ଡିଆ କେ ବୋଲ କାର୍ଯ୍ୟକ୍ରମ ମାଧ୍ୟମରେ ୨୭ଜଣ ରାଷ୍ଟ୍ରୀୟ ପ୍ରବକ୍ତା ଓ ୨୫୦ରୁ ଊର୍ଦ୍ଧ୍ୱ ପ୍ରଦେଶସ୍ତରୀୟ ପ୍ରବକ୍ତାଙ୍କୁ ଚୟନ କରାଯାଇଥିଲା । ରାହୁଲ ଗାନ୍ଧିଙ୍କ ଏହି ପରିକଳ୍ପନାକୁ ପୁଣି ଥରେ ସାକାର କରିବା ନିମନ୍ତେ ଭାରତୀୟ ଯୁବ କଂଗ୍ରେସ ରାଷ୍ଟ୍ରୀୟ ପ୍ରଭାରୀ କ୍ରିଷ୍ଣା ଆଲାବାରୁଙ୍କ ମାର୍ଗ ଦର୍ଶନ ତଥା ଭାରତୀୟ ଯୁବ କଂଗ୍ରେସ ରାଷ୍ଟ୍ରୀୟ ଅଧ୍ୟକ୍ଷ ବି.ଭି ଶ୍ରୀନିବାସଙ୍କ ନେତୃତ୍ୱରେ ଦେଶବ୍ୟାପୀ ୟଙ୍ଗ ଇଣ୍ଡିଆ କେ ବୋଲ ସିଜିନ-୨ ଆରମ୍ଭ ହୋଇଛି । ଗତ ୨୬ ମାର୍ଚ୍ଚରୁ ଯୁବ କଂଗ୍ରେସ ରାଷ୍ଟ୍ରୀୟ କାର୍ଯ୍ୟାଳୟଠାରେ ଉଦ୍‌ଘାଟିତ ହୋଇଥିବା ଏହି ଅଭିଯାନ ବିଭିନ୍ନ ରାଜ୍ୟରେ କରାଯାଉଛି । କାର୍ଯ୍ୟକ୍ରମରେ ଅନ୍ୟମାନଙ୍କ ମଧ୍ୟରେ ଓଡ଼ିଶା ପ୍ରଦେଶ ଯୁବ କଂଗ୍ରେସ ସମ୍ପାଦକ ଜ୍ଞାନ ରନ ରାଉତ, ବୀରେନ କୁମାର ଦଳେଇ, ଆଶୁତୋଷ ଲେଙ୍କା, ଶ୍ରୀବତ୍ସ ରଥ, ମନିଷା ଦାଶ ପଟ୍ଟନାୟକ, ରାକେଶ ଦାସ, ରିତୁଲ ମହାରଣା, ସୌମ୍ୟରଂଜନ ମିଶ୍ର, ଅକ୍ଷୟ କୁମାର ମଲ୍ଲ, ହରିଶଙ୍କର ଜେନା ପ୍ରମୁଖ ଉପସ୍ଥିତ ଥିଲେ ।

# ଜିଲ୍ଲା ପ୍ରାଥମିକ ବିଦ୍ୟାଳୟ ଶିକ୍ଷକ ସଂଘର ବୈଠକ

ଖୋର୍ଦ୍ଧା (ପିଏନ)- ଖୋର୍ଦ୍ଧା ଜିଲ୍ଲା ସଦର ମହକୁମାରେ ଜିଲ୍ଲା ପ୍ରାଥମିକ ବିଦ୍ୟାଳୟ ଶିକ୍ଷକ ସଂଘର ବୈଠକ ସଭାପତି ଅଗାଧୁ ସେଠୀଙ୍କ ପୌରୋହିତ୍ୟରେ ଅନୁଷ୍ଠିତ ହୋଇଥିଲା । ଏହି ବୈଠକରେ ସରକାରଙ୍କ ଶିକ୍ଷା ଓ ଶିକ୍ଷକ ମାରଣ ନୀତିକୁ ତୀବ୍ର ସମାଲୋଚନା କରିବା ସହ ଦୀର୍ଘ ୬ ବର୍ଷ ଧରି ସରକାରଙ୍କ ପକ୍ଷରୁ ଏ ପର୍ଯ୍ୟନ୍ତ ନୂତନ ଶିକ୍ଷକ ନିଯୁକ୍ତି କରି ନାହାନ୍ତି । ଫଳରେ ବହୁ ଶିକ୍ଷକ ପଦବୀ ଖାଲି ପଡିଥିବାବେଳେ ବିଦ୍ୟାଳୟରେ ଶିକ୍ଷାଦାନ ବାଧାପ୍ରାପ୍ତ ହୋଇପଡିଛି । ସରକାରଙ୍କ ତ୍ରୁଟିପୂର୍ଣ୍ଣ ନୀତି ଯୋଗୁଁ ଗୁଣାତ୍ମକ ମାନ ବୃଦ୍ଧି ପାଇନାହିଁ ବୋଲି ସଂଘ ଅଭିଯୋଗ କରିଛି । ତେବେ ଶିକ୍ଷକମାନଙ୍କର ବିଭିନ୍ନ ସମସ୍ୟାରୁ ଶିକ୍ଷା ଅଧିକାରୀମାନେ ସମାଧାନ କରିପାରି ନାହାନ୍ତି । ସମସ୍ତ ଜିଲ୍ଲାର ଶିକ୍ଷକଙ୍କ ପଦୋନ୍ନତି ଦିଆଯାଇଥିବା ବେଳେ ଖୋର୍ଦ୍ଧା ଜିଲ୍ଲାରେ ଲେବୁଲ୫(କ)ରୁ ୫(ଖ)ରୁ ଲେବୁଲ ୪କୁ ପଦୋନ୍ନତି କରାଯାଉନାହିଁ । ଶିକ୍ଷକମାନଙ୍କୁ ନିଜ ବ୍ଲକକୁ ବଦଳି କରିବା, ବେଗୁନିଆ ବ୍ଲକର ଯେଉଁ ଶିକ୍ଷକମାନଙ୍କର ୧୦ ବର୍ଷ ପୂରଣ ହୋଇଛି ସେମାନଙ୍କୁ ଏମଏସପି ସୁବିଧା ଦେବା, ମାସର ପ୍ରଥମ ଦିନର ଦରମା ପ୍ରଦାନ କରିବା ଓ ଶିକ୍ଷକମାନଙ୍କୁ ଡିଆଇସି ପାସ ବୁକ ପ୍ରଦାନ କରାଯାଉ ନଥିବାରୁ ନେତୃବୃନ୍ଦ ଅସନ୍ତୋଷ ପ୍ରକାଶ କରିଥିଲେ ।

# ଓଡିଶାରେ ବିଲାଇଭର ୫ମ ମଲ୍ଟି ବ୍ରାଣ୍ଡ ଷ୍ଟୋର

ଭୁବନେଶ୍ୱର,(ପି.ଏନ): ସାରା ଦେଶରେ ଏହାର ସମ୍ପ୍ରସାରଣ ପ୍ରୟାସ ଜାରି ରଖିଥିବା ବିଲାଇଭ ଭାରତର ଦ୍ରୁତତମ ବୃଦ୍ଧି ପାଉଥିବା ମଲ୍ଟି ବ୍ରାଣ୍ଡ ଇଲେକ୍ଟ୍ରିକ୍ ଯାନ ପ୍ଲାଟଫର୍ମ,ଏହାରପଞ୍ଚମ ମଲ୍ଟି ବ୍ରାଣ୍ଡ ଷ୍ଟୋର ଓଡିଶାର ବ୍ରହ୍ମପୁରରେ ଖୋଲିଛି । ବିଲାଇଭର କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ ପ୍ରତୀକ ଦାଶଙ୍କ ସହ ଶ୍ରୀ ସ'ୋଷ କୁମାର ଅଗ୍ରୱାଲ, ଆଶିଷ ଅଗ୍ରୱାଲ ଏବଂ ଷ୍ଟୋର କର୍ମଚାରୀଙ୍କ ଉପସ୍ଥିତିରେ ଏହି ଷ୍ଟୋରକୁ ଉଦଘାଟନ କରିଥିଲେ । ବୈଦୁତିକ ଗତିଶୀଳତା ଏବଂ ଇନ୍ଧନ ମୂଲ୍ୟ ବୃଦ୍ଧିରେ ବିଶ୍ୱ ସଚେତନତା ହେତୁ ଗ୍ରାହକଙ୍କ ଚାହିଦାର ବୃଦ୍ଧିକୁ ନଜରରେ ରଖି ଏହି ଭାରତର ୨୬ ତମ ଇଭି ଷ୍ଟୋରକୁ ଓଡିଶାର ବ୍ରହ୍ମପୁରରେ ଖୋଲାଯାଇଛି । ବିଲାଇଭ ଷ୍ଟୋର ଏକାଧିକ ଇଭି ବ୍ରାଣ୍ଡ, ବିଶେଷଜ୍ଞ ସମର୍ଥନ, ସହଜ ଅର୍ଥ ଏବଂ ରୋମାଞ୍ଚକର ଅଫରରୁ ବିଭିନ୍ନ ପ୍ରକାରର ବୈଦ୍ୟୁତିକ ଯାନ ପ୍ରଦାନ କରେ । ବିଭିନ୍ନ ବୈଦ୍ୟୁତିକ ସ୍କୁଟର, ଚକ, ମୋଟରସାଇକେଲ ଏବଂ ବିତରଣ ଯାନ ପାଇଁ କ୍ରେତାମାନେ ଇଏମଆଇରେ ମାସକୁ ୨,୦୦୦ ରୁ କମ୍ ଚୟନ କରିପାରିବେ । ୨୦ ରୁ ଅଧିକ ଫ୍ରାଞ୍ଚାଇଜ୍ ମାଲିକାନା ଷ୍ଟୋରଗୁଡିକର ଏକ ନେଟଓ୍ୱାର୍କ ସହିତ,ବିଲାଇଭ ୨୫୦୦ ରୁ ଅଧିକ ପରିବାର ଏବଂ ବ୍ୟବସାୟକୁ ବୈଦୁତିକ ଯାନ ମାଧ୍ୟମରେ ସାହାଯ୍ୟ କରିଛି । ଷ୍ଟୋରରେ କିନେଟିକ୍ ଗ୍ରୀନ୍, ହିରୋ ଲେକ୍ଟ୍ରୋ, ଡିଟେଲ, ବ୍ୟାଟ୍‌ରେ, ଜେମୋପାଇ, ଟେଟୋ ଇଲେକ୍ଟ୍ରା, ଇ-ମୋଟୋରଡ ଏବଂ ଅନ୍ୟାନ୍ୟ ବୈଦ୍ୟୁତିକ ଯାନ ପ୍ରଦର୍ଶିତ ହୋଇଛି । ଗ୍ରାହକମାନେ ଷ୍ଟାଇଲିସ୍ ଲୁକ୍ ସହିତ ବହୁ ପ୍ରତୀକ୍ଷିତ ହାଇ ସ୍ପିଡ୍ ଇଭିଗୁଡିକ ମଧ୍ୟରୁ ଗୋଟିଏ ଅନୁଭବ କରିପାରନ୍ତି - ବିଲାଇଭର ମଲ୍ଟି ବ୍ରାଣ୍ଡ ଷ୍ଟୋରରେ ବ୍ୟାଟ୍: ପୁନ ଷ୍ଟୋରୀ । ଏହି ସ୍ମାର୍ଟ ଏବଂ ଅଭିନବ ଇ-ବାଇକ୍ ବ୍ୟାଟ୍‌ରେ ଏହାର ରେ ପ୍ରଥମ ଅଟୋ ।ସିଇଓ ତଥା ସହ-ପ୍ରତିଷ୍ଠାତା ସମର ଖୋଲକର କହିଛନ୍ତି ଯେ 'ଓଡିଶାରେ ଭଳି ରାଜ୍ୟରେ ଏକ ନୂତନ ମଲ୍ଟି ବ୍ରାଣ୍ଡ ଅଭିଜ୍ଞତା ଷ୍ଟୋର ସହିତ ଆମର ଉପସ୍ଥିତି ବଢାଇବାକୁ ଆମେ ଉତ୍ସାହିତ । ସତ କହିବାକୁ ଗଲେ, ଆମେ ଓଡିଶାରେ ଏହି ପ୍ରକାରର ଜବରଦସ୍ତ ପ୍ରତିକ୍ରିୟା ପାଇବାକୁ ଆଶା କରିନାହୁଁ; ଆମେ ପ୍ରକୃତରେବ୍ରହ୍ମପୁରର ନୂତନ ଷ୍ଟୋର ଲୋକମାନଙ୍କୁ ଇଲେକ୍ଟ୍ରିକ୍ ଗତିଶୀଳତାପାଇଁ ଇଭିଏସ୍ ଷ୍ଟୋର ହୋମ ଡେମୋକୁ ମଧ୍ୟ ସୁଗମ କରିବ ଏବଂ ଗ୍ରାହକଙ୍କୁ ରୋମାଞ୍ଚକର ଅଫର ଏବଂ ସହଜ ଫାଇନାନ୍ସ ବିକଳ୍ପ ବିଷୟରେ ସୂଚନା ପ୍ରଦାନ କରିବ । 'ଜଳବାୟୁ ପରିବର୍ତ୍ତନ ଚି'ାଧାରାକୁ ନେଇ ବିଶ୍ୱସ୍ତରୀୟ ସଚେତନତା ସହିତ ବୈଦ୍ୟୁତିକ ଗତିଶୀଳତା ବୃଦ୍ଧି ପାଇଁ ଭାରତର ପ୍ରତିବଦ୍ଧତା ଦ୍ୱାରା ରାଜ୍ୟ ସରକାର ଚଳିତ ବର୍ଷ ପ୍ରାରମ୍ଭରେ ଏହାର ଇଭି ନୀତି ପ୍ରକାଶ କରିଛନ୍ତି ଯାହା ଉଭୟ ବ୍ୟକ୍ତିଗତ ଗତିଶୀଳତା ଏବଂ ସାଧାରଣ ପରିବହନ ବିଭାଗରେ ବୈଦ୍ୟୁତିକ ଯାନ ଗ୍ରହଣକୁ ସମର୍ଥନ କରିବ । ଇଭି ନୀତି ମଧ୍ୟ ସ୍ୱଚ୍ଛ ଶକ୍ତି ଉତ୍ସ ଉପରେ ଧ୍ୟାନ ଦେଇ ଇଲେକ୍ଟ୍ରିକ୍ ଭେଇକିଲ୍ ଚାର୍ଜିଂ ଷ୍ଟେସନ୍ ଏବଂ ବ୍ୟାଟେରୀ ସ୍ୱାପିଂ ଷ୍ଟେସନର ଏକନେଟଓ୍ୱାର୍କ ସୃଷ୍ଟି କରିବାକୁ ସକ୍ଷମ କରିବାକୁ ଚେଷ୍ଟା କରେ ।ଚଳିତ ବର୍ଷ ଫେବୃଆରୀରେ ଘୋଷିତ ହୋଇଥିବା ଇଭି ନୀତି ଅନୁଯାୟୀ ମିଶନ ଶକ୍ତି, ବ୍ୟକ୍ତିବିଶେଷ ତଥା ରାଜ୍ୟ ସରକାରୀ କର୍ମଚାରୀଙ୍କ ପାଇଁ ଓଡିଶା ସରକାର ସ୍ୱତନ୍ତ୍ର ଯୋଜନା ଘୋଷଣା କରିଛନ୍ତି । ବ୍ରହ୍ମପୁରରରେ ଥିବା ବିଲାଇଭ ଷ୍ଟୋରର ଆଶିଷ ଅଗ୍ରୱାଲ ଏହି ଉନ୍ମୋଚନ ସମ୍ପର୍କରେ ସୂଚନା ଦେଇ କହିଛନ୍ତି, 'ଆମେ ବିଲାଇଭ ସହ ସହଭାଗୀ ହୋଇ ଗର୍ବିତ ଏବଂ ଓଡିଶାରେ ବୈଦ୍ୟୁତିକ ଗତିଶୀଳତାକୁ ଉତ୍ସାହିତ କରିବା ଦିଗରେ ଆମର ପ୍ରତିବଦ୍ଧତା ପ୍ରଦର୍ଶନ କରୁଛୁ । ଇଭିଏସ୍ ଶୀଘ୍ର ଜନତାଙ୍କ ମଧ୍ୟରେ ଆକର୍ଷିତ ହେବାରେ ଲାଗିଛି, ସେମାନଙ୍କର କାର୍ଯ୍ୟଦକ୍ଷତା ଏବଂ ନିର୍ଭରଯୋଗ୍ୟତା ଉପରେ ସାମାନ୍ୟ ଆଶଙ୍କା ଅଛି । ଆମେ ଲୋକମାନଙ୍କୁ ଅନୁରୋଧ କରୁଛୁ ଯେ ଆମର ବୈଦ୍ୟୁତିକ ଯାନଗୁଡିକର ପରିସର ଅନୁସନ୍ଧାନ କରିବାକୁ ଏବଂ ଇଲେକ୍ଟ୍ରିକ୍ ଗତିଶୀଳତା କାହିଁକି ଘଣ୍ଟାର ଆବଶ୍ୟକତା ଅଟେ ।


## DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10 c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple,
Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.K.G. & U.K.G.
N-3B-14/15, Ekamra Kanan Road,Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Prajyan Communication

Mahaditya Publication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.K.G., U.K.G., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com








ଭୁବନେଶ୍ୱର ପଳାସପଲ୍ଲୀସ୍ଥିତ ଓଡ଼ିଶା ମୁକ ବଧିର ବିଦ୍ୟାଳୟ ପରିସରରେ ସରସ୍ୱତୀ ପୂଜା ପାଳିତ

## ଶ୍ରୀବଳଦେବଜୀଉଙ୍କ ମନ୍ଦିର ସୁରକ୍ଷା ନେଇ ବଳଦେବସେନା ପକ୍ଷରୁ ଉପଜିଲ୍ଲାପାଳଙ୍କୁ ଦାବିପତ୍ର

କେନ୍ଦ୍ରାପଡ଼ା,(ପି.ଏନ): ବଳଦେବ ସେନା ପକ୍ଷରୁ କେନ୍ଦ୍ରାପଡ଼ାର ନୂତନ ଉପଜିଲ୍ଲାପାଳ ଅରୁଣ କୁମାର ନାୟକଙ୍କୁ ଶ୍ରୀ ଶ୍ରୀ ସିଦ୍ଧ ବଳଦେବଜୀଉ ମନ୍ଦିରର ଉନ୍ନତି ମୂଳକ କାର୍ଯ୍ୟ ପାଇଁ ଏକ ୪ ଦଫା ସମ୍ବଳିତ ଦାବିପତ୍ର ପ୍ରଦାନ କରାଯାଇଛି। ଉକ୍ତ ପ୍ରସଙ୍ଗ ଗୁଡିକରୁ ମୁଖ୍ୟତଃ ଶ୍ରୀଜୀଉଙ୍କ ଦେଉଳରେ ମୋବାଇଲ ଓ କ୍ୟାମେରା ନିଷେଧ କରାଯିବା ସହ ମନ୍ଦିରରେ ବିକାଶ ମୂଳକ କାର୍ଯ୍ୟକୁ ପ୍ରାଧାନ୍ୟ ଦିଆଯାଇ ତ୍ୱରାନିତ କରାଯିବାକୁ ଦାବି ହୋଇଛି। ସୂଚନା ଥାଉକି ରାଜ୍ୟର ସମସ୍ତ ପ୍ରସିଦ୍ଧ ତୀର୍ଥସ୍ଥଳୀ ଓ ମନ୍ଦିର ମାନଙ୍କରେ ରାଜ୍ୟ ସରକାରଙ୍କ ପକ୍ଷରୁ ଅନେକ ଉନ୍ନତି ମୂଳକ କାର୍ଯ୍ୟ କରାଯାଇଛି। କିନ୍ତୁ ରାଜ୍ୟର ପ୍ରମୁଖ ତୀର୍ଥସ୍ଥଳୀ ତଥା ତୁଳସୀକ୍ଷେତ୍ରର ଅଧିପତିଙ୍କ ମନ୍ଦିରରେ କୌଣସି ପ୍ରକାର ଉନ୍ନତି ମୂଳକ କାର୍ଯ୍ୟ କରାଯାଇ ନଥିବା ଅଭିଯୋଗ ହୋଇଛି। ଯାହାକୁ ସାଧାରଣରେ ନିନ୍ଦା କରାଯାଇଛି। ଅନ୍ୟ ଏକ ପ୍ରସଙ୍ଗ ଯଥା ମନ୍ଦିରର ସୁରକ୍ଷା ଏବଂ ପବିତ୍ରତାକୁ ଗୁରୁତ୍ୱ ପ୍ରଦାନ କରି ମନ୍ଦିର ପରିସରରେ ମୋବାଇଲ ଓ କ୍ୟାମେରାକୁ ସମ୍ପୂର୍ଣ୍ଣ ଭାବେ ବାରଣ କରିବାକୁ ସେନା ଦାବି କରିଛି। ଏସମ୍ପର୍କରେ ବହୁବାର ଦାବିପତ୍ର ଦିଆଯାଇଥିଲେ ମଧ୍ୟ ଅଦ୍ୟାବଧି କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇନାହିଁ।

## ଆନ୍ଦୋଳନର ଡାକରା ଦେବାରୁ ଶାସନ ବ୍ୟବସ୍ଥାର ନାଲି ଆଖି

ରାଉରକେଲା, (ପିଏନ)- ରାଉରକେଲା ଶିଶୁ ବିକାଶ ଯୋଜନା ଅଧିନରେ କାର୍ଯ୍ୟରତ ଅଙ୍ଗନବାଡି କର୍ମୀ ମାନଙ୍କ ଭିତରୁ କାର୍ଯ୍ୟରେ ଅବହେଳା ଅଭିଯୋଗରେ ସେ ସମୟର ଉପଜିଲ୍ଲାପାଳ ଓ ବର୍ତମାନର ସୁନ୍ଦରଗଡ ଏଡିଏମ ୪ ଜଣ ଅଙ୍ଗନବାଡି କର୍ମଚାରୀଙ୍କୁ କାର୍ଯ୍ୟରୁ ବହିଷ୍କାର କରିବାର ୨୦ ମାସ ବିତିଲାଣି । ସମ୍ପୃକ୍ତ ୪ ଜଣ ଅଙ୍ଗନବାଡି କର୍ମଚାରୀ ନ୍ୟାୟ ଭିକ୍ଷା କରିବାକୁ ଯାଇ ସୁନ୍ଦରଗଡ ଜିଲ୍ଲାପାଳଙ୍କ ଅଫିସ ଠାରୁ ଆରମ୍ଭକରି ସୁନ୍ଦରଗଡ ଏଡିଏମ, ରାଉରକେଲା ଏଡିଏମଙ୍କ ଅଫିସକୁ ଦଉଡି ଦଉଡି ନ୍ୟାୟ ନପାଇ ଆଗାମୀ ୨୭ ତାରିଖ କିମ୍ବା ନଭେମ୍ବର ୩ ତାରିଖରୁ ଆନ୍ଦୋଳନକୁ ଓହ୍ଲାଇବାକୁ ନିଷ୍ପତି ନେବା ସହ ଏନେଇ ଜିଲ୍ଲା ପ୍ରଶାସନକୁ ଜଣାଇବା ପରେ ଜିଲ୍ଲା ପ୍ରଶାସନ ସେମାନଙ୍କୁ ଆନ୍ଦୋଳନରୁ ନିବୃତ ରହିବାକୁ ନାଲିଆଖି ଦେଖାଇଥିବାର ଅଭିଯୋଗ ହୋଇଛି । ଖବରରୁ ଜଣାପଡିଛି ଯେ, ଏକ ଆନ୍ଦୋଳନରେ ସାମିଲ ହେବା, କାର୍ଯ୍ୟରେ ଅବହେଳା ନେଇ ୨୦୧୯ ମସିହାରେ ମାନସି ଦାସ, ସାବିତ୍ରୀ ରଣା, ବାସନ୍ତୀ ସେଠୀ, ଅଞ୍ଜଳି ପଟେଲ ନାମକ ୪ ଜଣ ମହିଳା କର୍ମୀଙ୍କୁ ସେ ସମୟର ପାନପୋଷ ଉପଜିଲ୍ଲାପାଳ ଚାକିରୀରୁ ବହିଷ୍କାର କରିଥିଲେ ।୧୧-୧-୨୦୧୯ରୁ ଏମାନଙ୍କୁ ବହିଷ୍କାର କରାଜିବା ପରେ ଏମାନେ ନ୍ୟାୟ ପାଇବା ଲାଗି ବାରମ୍ବାର ଜିଲ୍ଲାପାଳଙ୍କ କାର୍ଯ୍ୟାଳୟର ଦ୍ୱାରସ୍ଥ ହୋଇଥିଲେ ।ପରେ ସେମାନେ ଅନ୍ୟାନ୍ୟ ଅଧିକାରୀ ମାନଙ୍କ ପାଖକୁ ମଧ୍ୟ ଯାଇଥିଲେ, ମାତ୍ର ସେମାନଙ୍କର ସମସ୍ୟାକୁ ସମାଧାନ ଆଜିଯାଏ କରାଗଲା ନାହିଁ । ତେବେ ରାଜ୍ୟ ସ୍ତରରେ ଏନେଇ ନିଷ୍ପତି ହେବାପରେ ଜିଲ୍ଲାର ଅଙ୍ଗନବାଡି କର୍ମୀ ସଂଗଠନ ପକ୍ଷରୁ ଆନ୍ଦୋଳନ ଲାଗି ନୋଟିସ୍ ଦେବାପରେ ରାଉରକେଲା ଆଇସିଡିଏସ ଅଧିକାରୀ ତାଙ୍କ ଚିଠି ରେ ରାଉରକେଲାର କର୍ମୀ ମାନଙ୍କୁ ଆନ୍ଦୋଳନରୁ ନିବୃତ ରହିବାକୁ କହିବା ସହ ବହିଷ୍କୃତ କର୍ମୀ ମାନଙ୍କ ସହ ଆନ୍ଦୋଳନକୁ ଗଲେ କଠୋର କାର୍ଯ୍ୟାନୁଷ୍ଠାନ ନିଆଜିବ ବୋଲି କହିଥିବା ଅଭିଯୋଗ ହୋଇଛି । ଏହି ଖବର ଆସିବା ପରେ ଏହା ଗଣତନ୍ତ୍ରର କେଉଁ ନୀତି ବୋଲି ଏବେ ସାଧାରଣରେ ଆଲୋଚନା ହେଉଛି । ଗଣତନ୍ତ୍ରରେ ସମସ୍ତଙ୍କର ନୀରବତା ଓ ଶାନ୍ତିଶୃଙ୍ଖଳାର ସହ ଆନ୍ଦୋଳନ କରିବାର ଅଧିକାର ରହିଛି, କିନ୍ତୁ ଏଭଳି ନିର୍ଦ୍ଦେଶନାମା ବିଭିନ୍ନ ମହଲକୁ ଆଶ୍ଚର୍ଯ୍ୟ କରିଛି । ସମସ୍ତଙ୍କ ମୁହଁରେ ଗୋଟିଏ କଥା ଏ କି ପ୍ରକାର ଶାସନ ? ଅନ୍ୟପକ୍ଷରେ ଏହି ଅଙ୍ଗନବାଡି ସଂଗଠନ ବିଏମଏସ ସମର୍ଥରେ ରହିଥିବା ବେଳେ ବିଏମଏସର ଜିଲ୍ଲାସ୍ତରର କୌଣସି ନେତା ମଧ୍ୟ ଏନେଇ ମୁହଁ ନଖୋଲିବା ସଂଗଠନର ଦଳୀୟ ଏକତା ଉପରେ ଲାଗାଇଛି ବଡ ପ୍ରଶ୍ନବାଚୀ । ଏନେଇ ବିଜେପିର ରାଜ୍ୟ ମୁଖପାତ୍ର ଧୀରେନ ସେନାପତିଙ୍କୁ ଯୋଗାଯୋଗ କରାଜିବାରୁ ସେ କହିଲେ , ଏମାନେ ପଲିଟିକାଲ ଆକ୍ରୋଶର ଶୀକାର ହୋଇଛନ୍ତି । ସେମାନେ ଦଳ ସହ ସିଧା ସଳଖ ସମ୍ପୃକ୍ତ ନୁହନ୍ତି, ବିଏମଏସ ସହ ସେମାନେ ରହିଛନ୍ତି, ମୁଖ୍ୟମନ୍ତ୍ରୀ ସବୁ ବେଳେ ମହିଳାଙ୍କ କଥା କହିବା ସହ ସେମାନଙ୍କ ସୁରକ୍ଷା କଥା କହୁଛନ୍ତି , କିନ୍ତୁ ୨୦ ବର୍ଷ ଚାକିରୀ କଲାପରେ ଜଣେ ମହିଳାଙ୍କୁ କୌଣସି ଠୋସ୍ ପ୍ରମାଣ ନଥାଇ ବହିଷ୍କାର କରିଦେବା ତାହା କିଭଳି ନ୍ୟାୟ ବୋଲି ଶ୍ରୀ ସେନାପତି ପ୍ରଶ୍ନ କରିଛନ୍ତି ।

## ଅଜଣା ରୋଗ ନେଲାଣି ୭ ଜୀବନ, ଗୁଣିଆ ଭରଷାରେ ଗ୍ରାମବାସୀ

ମାଲକାନଗିରି, (ପିଏନ)- ମାଲକାନଗିରି ଜିଲ୍ଲାର କାଲିମେଲା ବ୍ଲକ ଅନ୍ତର୍ଗତ ଦୁର୍ଗମ ସାନଟେକଗୁଡା ଗ୍ରାମରେ ଅଜଣା ରୋଗରେ ଯାଇଛି ୭ ଗ୍ରାମବାସୀଙ୍କ ଜୀବନ । ଗ୍ରାମରେ ଏହି ଘଟଣାକୁ ନେଇ ଏକ ପ୍ରକାର ଆତଙ୍କ ଖେଳିଯାଇଥିବା ବେଳେ ଗୁଣିଆ ସାଜିଛି ଏକ ମାତ୍ର ସାହା ଭରସା ! କାଲିମେଲା ବ୍ଲକ ଦୂର୍ଗମ ଅଂଚଳ ଭାବରେ ପରିଚିତ ସାନଟେକଗୁଡା ଗ୍ରାମରେ ୫୨ ଆଦିବାସୀ ସମ୍ପ୍ରଦାୟ ର ଲୋକେ ବସବାସ କରୁଛନ୍ତି ! ସେମାନଙ୍କ ପାଇଁ ବିଶୁଦ୍ଧ ପାଣି ସାତସପନ ପାଲଟିଛି। ଗ୍ରାମରେ ଥିବା ନଳକୂଅ ପାଣି ପିଇବା ଉପଯୋଗି ନୁହେଁ । ସେଥିରେ ନାଲି ରଙ୍ଗର ଗୋଳିଆ ପାଣି ବାହାରୁଛି । ଲୋକ ମାନେ ବାଧହୋଇ ଏହି ଗୋଳିଆ ପାଣି ପିଇ ମୃତ୍ୟୁମୁଖରେ ପଡୁଥିବାର ଦେଖିବାକୁ ମିଳିଛି ।ଏଥି ସହିତ ଗ୍ରାମବାସୀମାନେ ନିକଟସ୍ଥ ନାଳ ଓ ଝରଣା ପାଣି ମଧ୍ୟ ପିଇବାକୁ ବାଧ ହେଉଛନ୍ତି। ଗ୍ରାମରେ ୩ ବର୍ଷ ତଳେ ୨ଲକ୍ଷ ଟଙ୍କା ବ୍ୟୟରେ ଏକ ପାନୀୟ ଜଳ ପ୍ରକଳ୍ପ ହୋଇଥିଲେ ମଧ୍ୟ ତାହା ଏବେ ଅକାମୀ ହୋଇପଡ଼ି ରହିଛି। ଫଳରେ ସାନଟେକଗୁଡା ଗ୍ରାମବାସୀ ବିଶୁଦ୍ଧ ପାଣି ଟୋପାଏ ପାଇପାରୁ ନଥିବାର ଅଭିଯୋଗ କରିଛନ୍ତି। ଏହି ଦୂଷିତ ପାଣି ପିଇ ପ୍ରାୟ ୨ମାସଭିତରେ ୭ରୁ ଉର୍ଦ୍ଧ୍ୱ ଲୋକଙ୍କ ଜୀବନ ଗଲାଣି। -ସାନଟେକଗୁଡା ଗ୍ରାମରେ ଗତ ୨ମାସ ଭିତରେ ୭ରୁ ଉର୍ଦ୍ଧ୍ୱ ଲୋକଙ୍କର ଜୀବନ ଯାଇଥିଲେ ମଧ୍ୟ ଲୋକମାନେ ଏବେ ବି ସଚେତନ ହୋଇନାହାନ୍ତି। ପାଣି ପିଇ ଯଦି କାହାର ଦେହ ଖରାପ ହୁଏ ଗୁଣିଆ ଦ୍ୱାରା ରୋଗୀମାନଙ୍କୁ ଝଡାଫୁଙ୍କା କରା ଯାଉଥିବାର ଦୃଶ୍ୟ ଦେଖିବାକୁ ମିଳିଛି। ଲୋକମାନେ ଡ଼ାକ୍ତରଖାନାଯିବା ପରିବର୍ତେ ଗୁଣିଆ ନିକଟକୁ ଯିବାର ଦେଖି ବାକୁ ମିଳିଛି। ଏହି ଗ୍ରାମବାସୀଙ୍କ ନିକଟରେ ଏ ପର୍ଯ୍ୟନ୍ତ ପହଂଚି ନାହିଁ ନି କୋଣସି ସରକାରୀ ସଚେତନତା। ଯାହା ଫଳରେ ଏହି ଗ୍ରାମରେ ଲୋକମାନେ ଗୁଣିଗାରେଡି ଉପରେ ଭରସା କରି ଆସୁଛନ୍ତି ।

## ଦୁର୍ନୀତି ବିରୋଧରେ ଜିଲ୍ଲାପାଳଙ୍କ ହସ୍ତକ୍ଷେପ ଦାବି କଲେ ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳର ଅଧ୍ୟାପକ ଓ ଅଧ୍ୟାପିକା

ବାରିପଦା, (ପିଏନ)-ମୟୂରଭଞ୍ଜ ଜିଲ୍ଲା ଉଦଳା ଥାନା ଅନ୍ତର୍ଗତ ରାଢ଼ୋ ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟର ଭାରପ୍ରାପ୍ତ ଅଧ୍ୟକ୍ଷ ଆଦିକନ୍ଦ ଦେଙ୍କ ବିରୋଧରେ ମହାଦୁର୍ନୀତିର ଅଭିଯୋଗ ଆଣି ଘଟଣା ଉପରେ ଜିଲ୍ଲାପାଳଙ୍କ ହସ୍ତକ୍ଷେପ କରିବା ଦାବିରେ ଆଜି ମହାବିଦ୍ୟାଳୟର ଅରବିନ୍ଦ ସେଠୀ, ସମୀର କୁମାର ନାୟକ, ହରପ୍ରିୟା ବେହେରା, ଗୀତିକା ଜେନା, ଜ୍ୟୋତିଶା ମାଝି, ମଧୁସ୍ମିତା ପାତ୍ର, ମନୋଜ ଦଲେଇ, ଗୌରାଙ୍ଗଚନ୍ଦ୍ର ମହାପାତ୍ର, ରାଜୀବ କୁମାର ଗିରି, ତପନ କୁମାର ସାହୁ, ଶୁଭଶ୍ରୀ ନନ୍ଦ, ବିପୀନ ବିହାରୀ ସିଂ, ପଙ୍କଜ କୁମାର ପଣ୍ଡା ପ୍ରମୁଖ ଅଧ୍ୟାପକ, ଅଧ୍ୟାପିକା ପ୍ରମୁଖ ଜିଲ୍ଲାପାଳ ଶ୍ରୀଭରଦ୍ୱାଜଙ୍କୁ ସାକ୍ଷାତ କରି ଏକ ସ୍ମାରକପତ୍ର ପ୍ରଦାନ କରିଥିଲେ । ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟର ଅଧ୍ୟାପକ ଓ ଅଧ୍ୟାପିକାମାନଙ୍କ ଅଭିଯୋଗ ଆଧାରରେ ଅଧ୍ୟକ୍ଷ ଶ୍ରୀଦେ ଶହେ କିମ୍ବା ହଜାରେ ନୁହେଁ, ଲକ୍ଷ ଲକ୍ଷ ଟଙ୍କାର ଦୁର୍ନୀତି କରିଛନ୍ତି । ସମସ୍ତଙ୍କୁ ଚୁନ ଲଗାଇ ଏହି ସମସ୍ତ ଟଙ୍କାକୁ ଚଲୁ କରିଛନ୍ତି ମହାବିଦ୍ୟାଳୟର ଅଧ୍ୟକ୍ଷ । ତାହା ପୁଣି ୟୁଜିସି ପକ୍ଷରୁ ମହାବିଦ୍ୟାଳୟକୁ ଆସିଥିବା ଅନୁଦାନ ସହ ମହାବିଦ୍ୟାଳୟରେ କାର୍ଯ୍ୟରତ ଅଧ୍ୟାପକ, ଅଧ୍ୟାପିକ ଓ କର୍ମଚାରୀମାନଙ୍କ ଏରିଆର ଟଙ୍କା, ଅନୁସୂଚିତ ଜାତି ଓ ଜନଜାତି ଛାତ୍ରଛାତ୍ରୀମାନଙ୍କ ଷ୍ଟାଇପେଣ୍ଡ ଟଙ୍କା ସହ ମହାବିଦ୍ୟାଳୟର ପାଣ୍ଠି ଆଦି । ଏହାକୁ ନେଇ ବିବାଦ ଘେରରେ ମହାବିଦ୍ୟାଳୟର ଅଧ୍ୟକ୍ଷ ଶ୍ରୀଦେ । ଏହି ସମସ୍ତ ଅଭିଯୋଗକୁ ନେଇ ମହାବିଦ୍ୟାଳୟର ଅଧ୍ୟାପକ ସମୀର ରଞ୍ଜନ ନାୟକ ମୁଖ୍ୟମନ୍ତ୍ରୀଙ୍କୁ ନିକଟରେ ଅଭିଯୋଗ କରିଥିଲେ ଏବଂ ମୁଖ୍ୟମନ୍ତ୍ରୀଙ୍କ ନିର୍ଦ୍ଦେଶ କ୍ରମେ କପ୍ତିପଦା ଉପଜିଲ୍ଲାପାଳ ଭଗବାନ ବେହେରା ଗତ କାଲି ଉଦଳା ଥାନା ଅନ୍ତର୍ଗତ ରାଢ଼ୋ ଲୁଇପା ଡ଼ଗ୍ରୀ ମହାବିଦ୍ୟାଳୟରେ ପହଁଞ୍ଚିଥିଲେ । ଉପଜିଲ୍ଲାପାଳ ତଦନ୍ତ ଶେଷ କରି ଫେରିବା ସମୟରେ ମହାବିଦ୍ୟାଳୟର ଫାଟକ ସମ୍ମୁଖରେ ତଦନ୍ତ ରିପୋର୍ଟ ସାର୍ବଜନୀନ କରାଯିବା ଦାବିରେ ମହାବିଦ୍ୟାଳୟର ଛାତ୍ର ଓ ଅନ୍ୟ ଜଣେ ସ୍ଥାନୀୟ ବ୍ୟକ୍ତି ଜାତୀୟ ପତକା ଧରି ରାସ୍ତା ଅବରୋଧ କରିବା ସହ ଗାଡ଼ି ସମ୍ମୁଖରେ ଶୋଇ ଧାରଣାରେ ବସିଥିଲେ । ଉକ୍ତ ଘଟଣାରେ ଆଜି ଉଦଳା ଥାନା ଦାୟିତ୍ୱରେ ଥିବା ଖୁଣ୍ଟା ଥାନା ଆଇଆଇସି ସ୍ୱର୍ଣ୍ଣଲତା ମିଞ୍ଜ ଅଧ୍ୟାପକ ମନ୍ମଥ କୁମାର ପଣ୍ଡା(୪୮), ସୁଶାନ୍ତ କୁମାର ମଲ୍ଲିକ(୨୦) ଓ ରଞ୍ଜିତ୍ କୁମାର ବିଶ୍ୱାଳ(୨୪)ଙ୍କୁ ଆଇପିସି ଧାରା ୩୪୧, ୩୪୨, ୩୫୩, ୨୬୮, ୨୬୯, ୨୭୦, ୧୮୬, ୧୮୮ ଓ ୩୪ ସହ ୧୯୮୭ ମହାମାରୀ ଆକ୍ଟ-୩ ଓ ବିପର୍ଯ୍ୟୟ ପରିଚାଳନା ଆକ୍ଟ-୨୦୦୫ ଧାରା ୫୬ରେ (କେଶ ନମ୍ବର ୨୩୯/ ୨୦୨୦) ଗିରଫ କରି କୋର୍ଟ ଚାଲାଣ କରିଥିବା ସମୟରେ ମହାବିଦ୍ୟାଳୟର ଅଧ୍ୟାପକ, ଅଧ୍ୟାପିକାମାନେ ଥାନାରେ ଦେଇଥିବା ଅଭିଯୋଗ ଉପରେ ଅଦ୍ୟାବଧି କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇ ପାରିନାହିଁ । ଅଧିକନ୍ତୁ, ବିଭିନ୍ନ ସମୟରେ ବାହାରର ବ୍ୟକ୍ତି ଓ ମହିଳାମାନଙ୍କୁ ଲଗାଇ ଅଧ୍ୟକ୍ଷ ଶ୍ରୀଦେ ମହାବିଦ୍ୟାଳୟ ପରିସରରେ ଅଧ୍ୟାପକ, ଅଧ୍ୟାପିକାମାନଙ୍କୁ ଧମକଚମକ ଦେବା ସହ ଜଣେ ଅନୁସୂଚିତ ଜନଜାତି ସମ୍ପ୍ରଦାୟର ଅଧ୍ୟାପିକା ମହାବିଦ୍ୟାଳୟକୁ ଆସୁଥିବା ସମୟରେ ରାସ୍ତାରେ ଲୋକ ଲଗାଇ ଜାତିଆଣା ଆକ୍ଷେପ ସହ ଅଶାଳୀନ ଭାଷାରେ ଗାଳିଗୁଲଜ ଓ ଧମକ ଚମକ ଦେଇଥିଲେ । କେବଳ ଏତିକି ନୁହେଁ ଅଧ୍ୟକ୍ଷ ଶ୍ରୀଦେ ତାଙ୍କ ଭାଇ ଓ ପୁଅଙ୍କୁ ମହାବିଦ୍ୟାଳୟରେ ନିଯୁକ୍ତି ପ୍ରଦାନ କରିଛନ୍ତି । ସେମାନେ ମହାବିଦ୍ୟାଳୟକୁ ଆସୁନଥିବା ବେଳେ ପ୍ରତ୍ୟେକ ମାସ ଦରମା ଉଠାଯାଉଛି । ପୁଣି କେତେକ ଅଧ୍ୟାପକଙ୍କ ଅଗୋଚରରେ ସ୍ୱାକ୍ଷରକୁ ନକଲ କରି କରାଯାଇ ଟଙ୍କା ଉଠାଯାଇଛି । ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟର ଅଧ୍ୟକ୍ଷ ଶ୍ରୀଦେଙ୍କ ନାମରେ ଏହିପରି ବିଭିନ୍ନ ସଙ୍ଗୀନ ଅଭିଯୋଗ ଆଣି ମହାବିଦ୍ୟାଳୟର ଅଧ୍ୟାପକ, ଅଧ୍ୟାପିକାମାନେ ବାରମ୍ବାର ମୁଖ୍ୟମନ୍ତ୍ରୀଙ୍କ ଦୃଷ୍ଟି ଆକର୍ଷଣ କରିଆସୁଥିବା ସମୟରେ ଆଜି ଜିଲ୍ଲାପାଳଙ୍କୁ ଭେଟି ନିଜର ଅଭିଯୋଗ ଜଣାଇଛନ୍ତି । ତେବେ ଏହାର ଶେଷ କେଉଁଠି ତାହାକୁ ନେଇ ଉଠିଛି ପ୍ରଶ୍ନ । ଅଧ୍ୟକ୍ଷ ଓ ଅଧ୍ୟାପକମାନଙ୍କ ମଧ୍ୟରୁ ବଳି ପଡ଼ିବ କିଏ । ଏହି ବିବାଦ ମଧ୍ୟରେ ସତ୍ୟର ଜୟ ହେଉଛି ନା ଅସତ୍ୟର ଜୟ ହେଉଛି , ତାହା କେବଳ ପରବର୍ତି ସମୟ ହିଁ କହିବ ।




୨୭ତମ ପ୍ରତିଷ୍ଠା ଦିବସ ଅଭିନନ୍ଦନ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

ଖେଳ ପର୍ଯ୍ୟବେକ୍ଷକ

Bhubaneswar Thursday February 06 ଭୁବନେଶ୍ୱର ଗୁରୁବାର, ଫେବୃଆରୀ ୦୬,୨୦୨୫ Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 www.paryabekhyak.com



# ଆନ୍ତର୍ଯ୍ୟାତିୟ ନାଟକ ମହୋତ୍ସବରେ ଅଂଶଗ୍ରହଣ ପାଇଁ ପାରାଦୀପର କ୍ୟାନମାସ ନାଟ୍ୟ ଅନୁଷ୍ଠାନ ମନୋନୀତ

ପାରାଦୀପ,(ପି.ଏନ): ବନ୍ଦର ନଗରୀ ପାରାଦୀପର ଏକମାତ୍ର ଅଗ୍ରଣୀ ନାଟ୍ୟ ଅନୁଷ୍ଠାନ କ୍ୟାନମାସ ବନ୍ଦର ସହରରେ ପ୍ରତି ବର୍ଷ ରାଷ୍ଟ୍ରୀୟ ନାଟକ ମହୋତ୍ସବ ଆୟୋଜନ କରି ଓଡ଼ିଶା ରାଜ୍ୟରେ ନିଜର ଉପସ୍ଥିତିକୁ କେବଳ ଜାହିର କରି ନାହିଁ ତା ସଙ୍ଗେ ସଙ୍ଗେ ନିଜସ୍ୱ ପ୍ରସ୍ତୁତି ଅନେକ ନାଟକ ଦେଶର ବିଭିନ୍ନ ମଞ୍ଚରେ ପରିବେଷଣ କରି ପ୍ରଶଂସା ସାଉଁଟିଛି। ୨୦୧୬ ମସିହାରେ ପ୍ରଥମ ଥର ପାଇଁ କ୍ୟାନମାସ କେନ୍ଦ୍ର ସରକାରଙ୍କ ସଂସ୍କୃତି ମନ୍ତ୍ରାଳୟ ଅଧିନସ୍ଥ ନ୍ୟାସନାଲ ସ୍କୁଲ ଅଫ ଡ୍ରାମା (ଏନ୍ ଏସ ଡି) ଦ୍ୱାରା ମନୋନୀତ ହୋଇ ଦିଲ୍ଲୀ ଠାରେ ଆୟୋଜିତ ଆନ୍ତର୍ଜାତିୟ ନାଟକ ମହୋତ୍ସବରେ ଘିନୁଆ ନାଟକ ପରିବେଷଣ କରି ବନ୍ଦର ସହର ତଥା ଓଡ଼ିଶା ରାଜ୍ୟ ପାଇଁ ଗୌରବ ଆଣିଦେଇଥିଲା। ଦୀର୍ଘ ୯ ବର୍ଷ ପରେ ଏ ବର୍ଷ ୨୮ ଜାନୁଆରୀ ଠାରୁ ଫେବୃଆରୀ ୧୯ ତାରିଖ ପର୍ଯ୍ୟନ୍ତ ଏନ୍ ଏସ ଡି ଦ୍ୱାରା ଆୟୋଜିତ ହେଉଥିବା ୨୪ ତମ ଭାରତୀୟ ରଙ୍ଗ ମହୋତ୍ସବ,୨୦୨୫ ଆନୁକୁଲ୍ୟରେ ଆନ୍ତର୍ଜାତିୟ ନାଟକ ମହୋତ୍ସବରେ ନାଟକ ପରିବେଷଣ କରିବା ପାଇଁ କ୍ୟାନମାସ ପୁଣି ଥରେ ମନୋନୀତ ହୋଇଛି । ଓଡ଼ିଶା ରାଜ୍ୟରୁ ଆନ୍ତର୍ଜାତିୟ ନାଟକ ମହୋତ୍ସବ ପାଇଁ ମନୋନୀତ ହୋଇଥିବା ୩ଟି ଅନୁଷ୍ଠାନ ମଧ୍ୟରୁ କ୍ୟାନମାସ ଅନ୍ୟତମ । ଚଳିତ ମାସ ୯ ତାରିଖ ଦିନ କ୍ୟାନମାସ ବିଶିଷ୍ଟ ନାଟ୍ୟବିତ୍, କବି ତଥା ସଙ୍ଗୀତକାର କବିଚନ୍ଦ୍ର କାଳୀଚରଣ ପଟ୍ଟନାୟକଙ୍କ ଜୀବନୀ ବୃତ୍ତାନ୍ତ ଉପରେ ନାଟ୍ୟକାର ଶୈଳେସ୍ୱର ନନ୍ଦଙ୍କ ଦ୍ୱାରା ରଚିତ ତଥା ଶ୍ରୀମନ ନାରାୟଣ ମିଶ୍ରଙ୍କ ନିର୍ଦ୍ଦେଶନାରେ ନାଟକ ନିଃସଙ୍ଗ ନାୟକ ମଞ୍ଚସ୍ଥ କରିବ । କଳାର ଶେଷ ନାହିଁ କି କଳାକାରର ମୃତ୍ୟୁ ନାହିଁ, ସେ ଚିର ଅମର । କାଳୀଚରଣ ଶେଷ ସମୟରେ କିପରି ଏକୁଟିଆ ହୋଇଯାଇଛନ୍ତି ଓ ଜଣେ ନିସଙ୍ଗ ନାୟକ ହୋଇ ରହିଯାଇଛନ୍ତି ତାହା ଏହି ନାଟକରେ ପ୍ରଦର୍ଶିତ ହୋଇଛି । ଦିଲ୍ଲୀ ଠାରେ ଆୟୋଜିତ ଆନ୍ତର୍ଜାତିୟ ନାଟକ ମହୋତ୍ସବରେ ଭାଗ ନେବା ପାଇଁ କଳାକାର ମାନେ ଉତ୍ସାହିତ ଅଛନ୍ତି ଓ ଏଥି ପାଇଁ ସବୁ ପ୍ରସ୍ତୁତି ଚୁଡାନ୍ତ ପର୍ଯ୍ୟାୟରେ ପହଞ୍ଚି ସାରିଛି। ଆସନ୍ତା ୭ ତାରିଖ ଦିନ କ୍ୟାନମାସ ନାଟକ ଦଳ ଦିଲ୍ଲୀ ଅଭିମୁଖେ ଯାତ୍ରା କରିବ । ଏହି ଖବର ପାଇ ବନ୍ଦର ନଗରୀର ସମସ୍ତ ନାଟ୍ୟପ୍ରେମୀ, ଶୁଭେଚ୍ଛୁ ତଥା ବୁଦ୍ଧିଜୀବୀ ମାନେ କ୍ୟାନମାସକୁ ଶୁଭେଚ୍ଛା ଜଣାଇବା ସଙ୍ଗେ ସଙ୍ଗେ ସଫଳତା କାମନା କରିଛନ୍ତି ।

# ଗଜପତିରେ ବିକଶିତ ଗାଁ ବିକଶିତ ଓଡିଶାର ଶୁଭାରମ୍ଭ





ପାରଳାଖେମୁଣ୍ଡି,(ପି.ଏନ): ବିକଶିତ ଗାଁ ବିକଶିତ ଓଡିଶା କାର୍ଯ୍ୟକ୍ରମକୁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଖୋର୍ଦ୍ଧା ଜିଲ୍ଲାରୁ ଏହି ଯୋଜନାର ଶୁଭାରମ୍ଭ କରିଛନ୍ତି । ଏହି ଅବସରରେ ପଞ୍ଚାୟତରାଜ ଓ ପାନୀୟ ଜଳ ବିଭାଗ ପକ୍ଷରୁ ଆଜି ଗଜପତି ଜିଲ୍ଲା ଗୋସାଣୀ ବ୍ଲକ୍ ଅନ୍ତର୍ଗତ ମିଶନ ଶକ୍ତି କାଫେ ନିକଟରେ ରାଜ୍ୟସ୍ତରୀୟ କାର୍ଯ୍ୟକ୍ରମକୁ ସିଧା ପ୍ରସାରଣ କରାଯାଇଥିଲା। ଏହି କାର୍ଯ୍ୟକ୍ରମରେ ଜିଲ୍ଲାପାଳ ବିଜୟ କୁମାର ଦାଶଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ସମ୍ମାନିତ ଅତିଥି ଭାବରେ ରୁପେଶ କୁମାର ପାଣିଗ୍ରାହୀ , ବିଧାୟକ ପାରଳାଖେମୁଣ୍ଡି, ଜି.ତିରୁପତି ରାଓ, ସଭାପତି ,ଜିଲ୍ଲାପରିଷଦ ଗଜପତି, ଏନ. ବିରାରାଜୁ ,ଅଧ୍ୟକ୍ଷ,ପଞ୍ଚାୟତ ସମିତି ଗୋସାଣୀ, ଡ଼.ଗୁଣନିଧି ନାୟକ,ମୁଖ୍ୟ ଉନ୍ନୟନ ଅଧିକାରୀ ତଥା ନିର୍ବାହୀ ଅଧିକାରୀ ଜିଲ୍ଲାପରିଷଦ ଗଜପତି, ଗୋରା ଚନ୍ଦ୍ର ପଟ୍ଟନାୟକ, ଗୋଷ୍ଠୀ ଉନ୍ନୟନ ଅଧିକାରୀ ଗୋସାଣୀ ଓ ତହସିଲଦାର ପାରଳାଖେମୁଣ୍ଡି ନାରାୟଣ ବେହେରା ପ୍ରମୁଖ ଉପସ୍ଥିତ ଥିଲେ । ଜିଲ୍ଲାର ସମସ୍ତ ଗୋଷ୍ଠୀ ଉନ୍ନୟନ ଅଧିକାରୀ ଓ ପିଇଓ ଙ୍କୁ ଏହି ବିକଶିତ ଗାଁ ବିକଶିତ ଓଡ଼ିଶାର ମାର୍ଗଦର୍ଶିକା ଦିଆଯାଇସରିଛି। ଫେବ୍ରୁଆରୀ ମାସ ୧୫ ତାରିଖ ସୁଦ୍ଧା ପ୍ରତି ଗାଁ ସେହି ଅନୁସାରେ ୫ ବର୍ଷିଆ ଯୋଜନା ତାଲିକା ପ୍ରସ୍ତୁତ କରି ପଠାଇବାକୁ କୁହାଯାଇଛି। ଏହି ଯୋଜନାର ତୃଣମୂଳ ସ୍ତରରେ ସରକାରୀ ଯୋଜନାର କାର୍ଯ୍ୟକାରିତା କରାଇବାକୁ ଏଭଳି ପଦକ୍ଷେପ ନେଇଛନ୍ତି । ଜିଲ୍ଲାର ଉନ୍ନତି ନିମନ୍ତେ ମୌଳିକ ଭିତ୍ତଭୂମି ବିକାଶ ସହ ଗ୍ରାମୀଣ ଯୋଗାଯୋଗ ବ୍ୟବସ୍ଥାର ସୁଦୃଢ଼ କରାଯିବ। ଏହାସହ ଅନୁନ୍ନତ ଜନଜାତି ସମୁଦାୟ ବସବାସ କରୁଥିବା ଅଞ୍ଚଳରେ ଆଭ୍ୟନ୍ତରୀଣ ଓ ଗ୍ରାମ୍ୟ ସଡ଼କ ସଂଯୋଗିକରଣ କରାଯିବ। କ୍ଷୁଦ୍ର ପର୍ଯ୍ୟଟନସ୍ଥଳୀର ବିକାଶ, ଶିକ୍ଷା ଓ କ୍ରୀଡ଼ା ଭିତ୍ତିଭୂମିର ସମ୍ପ୍ରସାରଣ ଓ ଆଧୁନିକୀକରଣ କରାଯିବ। ସେହିପରି ନୂତନ ଅଭିନବ ଜନମଙ୍ଗଳ କାରୀ ବହୁମୁଖୀ ପ୍ରକଳ୍ପର ନିର୍ମାଣ ଓ କାର୍ଯ୍ୟକ୍ରମ କରାଯିବ। ଏହି କାର୍ଯ୍ୟକ୍ରମରେ ସ୍ଥାନୀୟ ସମସ୍ତ ଜନପ୍ରତିନିଧି, ବିଭିନ୍ନ ବିଭାଗର ଜିଲ୍ଲାସ୍ତରୀୟ ଅଧିକାରୀ , ବ୍ଲକ ର ସମସ୍ତ କର୍ମଚାରୀ ଓ ମହିଳା ସ୍ୱୟଂ ସହାୟିକା ଗୋଷ୍ଠୀର ସଦସ୍ୟା ପ୍ରମୁଖ ଉପସ୍ଥିତ ଥିଲେ ।

# ବିକଶିତ ଗାଁ’ ବିକଶିତ ଓଡିଶା’ ଯୋଜନାର ଶୁଭାରମ୍ଭ




ଜଗତସିଂହପୁର, (ପି ଏନ): ଆଜି ପୂର୍ବାହ୍ନ ରେ ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀ ମୋହନ ଚରଣ ମାଝୀ ଓଡ଼ିଶାର ଗ୍ରାମୀଣ ଭିତ୍ତିଭୂମିର ବିକାଶକୁ ତ୍ୱରାନ୍ୱିତ କରିବା ତଥା ଗ୍ରାମୀଣ ଜୀବନଧାରଣର ମାନ ବୃଦ୍ଧି ଏବଂ ଅର୍ଥନୈତିକ ଅଭିବୃଦ୍ଧି ପାଇଁ ‘ବିକଶିତ ଗାଁ’ ବିକଶିତ ଓଡିଶା’ ଯୋଜନାର ଶୁଭାରମ୍ଭ କରିଛନ୍ତି କ୍ଷ ଏହି ଯୋଜନାରେ ଗାଁ’ର ଭିତ୍ତିଭୂମି ବିକାଶ ପାଇଁ ବର୍ଷକୁ ହଜାର କୋଟି ଟଙ୍କା ଲେଖାଏଁ, ପାଞ୍ଚ ବର୍ଷରେ ମୋଟ ପାଞ୍ଚ ହଜାର କୋଟି ଟଙ୍କା ବିନିଯୋଗ କରାଯିବ । ଗାଁ’ର ବିକାଶ ପାଇଁ ଆବଶ୍ୟକ ପ୍ରକଳ୍ପ ଗୁଡିକୁ ଗ୍ରାମ ସଭାରେ ହିଁ ସ୍ଥିର କରାଯିବ । ଏହି ପରିପ୍ରେକ୍ଷୀରେ ଜଗତସିଂହପୁର ଜିଲ୍ଲାର ସମସ୍ତ ବ୍ଲକ୍ ଭି ସି ମାଧ୍ୟମ ରେ ଯୋଡ଼ି ଏହି କାର୍ଯ୍ୟକ୍ରମ ର ସିଧା ପ୍ରସାରଣ ରେ ସାମିଲ୍ ହୋଇଥିଲେ । ଜିଲ୍ଲା ର କୁଜଙ୍ଗ ବ୍ଲକ ଓ ପରେ ତିର୍ତ୍ତୋଲ ବ୍ଲକ୍ ରେ ମାନ୍ୟବର ମନ୍ତ୍ରୀ ଶିଳ୍ପ,ଦକ୍ଷତା ବିକାଶ ଓ ବୈଷୟିକ ଶିକ୍ଷା, ଶ୍ରୀ ସମ୍ପଦ ଚନ୍ଦ୍ର ସ୍ୱାଇଁ ମୁଖ୍ୟ ଅତିଥି ଭାବେ ଯୋଗଦେଇ ଏହି ଯୋଜନା ମାଧ୍ୟମରେ ପ୍ରତି ଗାଁ’ରେ ଭଲ ରାସ୍ତା, ଡ୍ରେନ, ପାଠାଗାର, କଲ୍ୟାଣ ମଣ୍ଡପ, କମ୍ୟୁନିଟି ସେଣ୍ଟର, ଗାଧୁଆ ତୁଠ, ପୋଖରୀ ଓ ନଦୀ କୂଳରେ ଚେଞ୍ଜିଙ୍ଗ ରୁମ, ମାର୍କେଟ ସେଡ, ଭୋଗ ମଣ୍ଡପ, ଭାଗବତ ଟୁଙ୍ଗୀ ଆଦି ନିର୍ମାଣ କରାଯିବା ସହ ଧାର୍ମିକ ପୀଠ, ଛୋଟ ଛୋଟ ପର୍ଯ୍ୟଟନସ୍ଥଳୀ, ଶିକ୍ଷା ତଥା କ୍ରୀଡା ଭିତ୍ତିଭୂମି ଆଦିର ବିକାଶ ମଧ୍ୟ କରାଯିବ ବୋଲି କହିଥିଲେ। ସରକାରଙ୍କର ସ୍ପଷ୍ଟ ନୀତି; ‘Reform, Perform Gaõ Transform’ ଏବଂ ଆମେ ‘ସବକା ସାଥ, ସବକା ବିକାଶ, ସବକା ବିଶ୍ୱାସ ଏବଂ ସବକା ପ୍ରୟାସ‘ ମନ୍ତ୍ରକୁ ନେଇ ପରିଚାଳିତ ବୋଲି ସେ ବକ୍ତବ୍ୟ ରଖିଥିଲେ। ସେହିପରି ଜଗତସିଂହପୁର ବ୍ଲକ ରେ ଏହି ନୂତନ ଯୋଜନା ’ବିକଶିତ ଗାଁ, ବିକଶିତ ଓଡ଼ିଶା’ର ଶୁଭାରମ୍ଭ ସମାବେଶ ଜଗତସିଂହପୁର ବ୍ଲକ ଓ ତହସିଲ କାର୍ଯ୍ୟାଳୟର ପରିସରରେ ମଣ୍ଡଳ ଉନ୍ନୟନ ଅଧିକାରୀ ଶ୍ରୀ ଆଶୁତୋଷ ମିଶ୍ରଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ଯୋଗଦେଇ ମାନ୍ୟବର ବିଧାୟକ ଶ୍ରୀ ଅମରେନ୍ଦ୍ର ଦାସ ଓଡ଼ିଶାକୁ ୨୦୩୬ ସୁଦ୍ଧା ଏକ ବିକଶିତ ରାଜ୍ୟ ରୂପେ ଗଢ଼ି ତୋଳିବା ପାଇଁ ଏହି ନୂତନ ଯୋଜନାର ଆବଶ୍ୟକତା ରହିଛି ବୋଲି ଦୃଢ଼ତା ପ୍ରକାଶ କରିବା ସହିତ ଏଥିପାଇଁ ସମସ୍ତେ ସହଯୋଗ କରିବାକୁ ଆହ୍ୱାନ ଦେଇଥିଲେ। ଏଥିରେ ସମ୍ମାନନୀୟ ଅତିଥି ଭାବେ ଜିଲ୍ଲା ପରିଷଦର ସଭାପତି ଶ୍ରୀ ମନୋଜ କୁମାର ଭୋଇ, ଜିଲ୍ଲା ପରିଷଦ ମୁଖ୍ୟ ଉନ୍ନୟନ ଅଧିକାରୀ ତଥା ନିର୍ବାହୀ ଅଧିକାରୀ ଶ୍ରୀ ରବିନାରାୟଣ ଜେଠୀ, ପଞ୍ଚାୟତ ସମିତିର ଅଧ୍ୟକ୍ଷା ଶ୍ରୀମତୀ କନକପ୍ରଭା ଲେଙ୍କା ଓ ଜିଲ୍ଲା ପରିଷଦର ଅତିରିକ୍ତ ନିର୍ବାହୀ ଅଧିକାରୀ ଶ୍ରୀ ଅଭିମନ୍ୟୁ ପଣ୍ଡା ପ୍ରମୁଖ ଯୋଗଦେଇ ଏହି ନୂତନ ଯୋଜନାର ସଫଳ କାର୍ଯ୍ୟକାରୀତା ଉପରେ ବିଶେଷ ଗୁରୁତ୍ୱ ପ୍ରଦାନ କରିଥିଲେ। ଏହି ସମାବେଶରେ ଖୋର୍ଦ୍ଧା ଜିଲ୍ଲାର ଜଙ୍କିଆ ଠାରୁ ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କ ଶୁଭାରମ୍ଭ କାର୍ଯ୍ୟକ୍ରମକୁ ସିଧା ପ୍ରସାରଣ କରାଯାଇଥିଲା। ପରିଶେଷରେ ଅତିରିକ୍ତ ମଣ୍ଡଳ ଉନ୍ନୟନ ଅଧିକାରୀ ଶ୍ରୀଯୁକ୍ତ ଅଜୟ କୁମାର ବେହେରା ଧନ୍ୟବାଦ ଅର୍ପଣ କରିଥିଲେ। କାର୍ଯ୍ୟକ୍ରମ କୁ ବ୍ଲକ ସାମାଜିକ ସୁରକ୍ଷା ଅଧିକାରିଣୀ ଶ୍ରୀମତୀ ରୂପରେଖା ସାହୁ ସଂଯୋଜନା କରିଥିଲାବେଳେ ଜିଲ୍ଲା ପରିଷଦ ଓ ବ୍ଲକ କାର୍ଯ୍ୟାଳୟର ବହୁ ଅଧିକାରୀ ଓ କର୍ମଚାରୀମାନେ ସହଯୋଗ କରିଥିଲେ। କାର୍ଯ୍ୟକ୍ରମ ପରେ ମାନ୍ୟବର ବିଧାୟକ ଶ୍ରୀ ଦାସ ତହସିଲ କାର୍ଯ୍ୟାଳୟ ର ନୂତନ ସମ୍ମିଳନୀ କକ୍ଷର ଉଦଘାଟନ କରିଥିଲେ।

# ମାଷ୍ଟର କ୍ୟାଣ୍ଟିନ ଛକରେ ଛାତ୍ର କଂଗ୍ରେସର ବିକ୍ଷୋଭ



ଭୁବନେଶ୍ୱର,(ପି.ଏନ): ପ୍ରଦେଶ ଛାତ୍ର କଂଗ୍ରେସ ସଭାପତି ଉଦିତ୍ ପ୍ରଧାନଙ୍କ ଗିରଫ ଦାବି ପ୍ରତିବାଦରେ ଆଜି ପ୍ରଦେଶ ଛାତ୍ର କଂଗ୍ରେସ ପକ୍ଷରୁ ଏକ ବିକ୍ଷୋଭ ପ୍ରଦେଶ କଂଗ୍ରେସ କାର୍ଯ୍ୟାଳୟରୁ ବାହାରି ମାଷ୍ଟର କ୍ୟାଣ୍ଟିନ ଛକ ପର୍ଯ୍ୟନ୍ତ ଯାଇଥିଲା। ଛାତ୍ର କଂଗ୍ରେସ, ଯୁବ କଂଗ୍ରେସ ଓ କଂଗ୍ରେସ ନେତୃବୃନ୍ଦ ଏକ ଘଣ୍ଟା ଧରି ମାଷ୍ଟର କ୍ୟାଣ୍ଟିନ ଛକ ଅବରୋଧ କରି ରଖିଥିଲେ।ଏହି ଅବସରରେ ଛାତ୍ର କଂଗ୍ରେସ ପକ୍ଷରୁ କୁହାଯାଇଛି ଯେ, ବିଜେପି ସରକାର ଓଡ଼ିଶାରେ ବିରୋଧି ଦଳମାନଙ୍କର ସାମ୍ବିଧାନିକ ଅଧିକାର ଛଡ଼େଇ ନେଇଛନ୍ତି। ଛାତ୍ର କଂଗ୍ରେସ ସଭାପତି ଶ୍ରୀ ପ୍ରଧାନଙ୍କୁ ମୋହନ ସରକାର ଅଗଣତାନ୍ତ୍ରିକ ଭାବେ ଜେଲରେ ଭର୍ତ୍ତି କରିଛନ୍ତି। ଓଡ଼ିଶାରେ ନାଜିବାଦ ଓ ଫାସିବାଦର ଶାସନ ଚାଲିଛି। ନାଥୁରାମ ପନ୍ଥି ଆର.ଏସ୍.ଏସ୍.ମୁଖ୍ୟ ମୋହନ ଭାଗବତଙ୍କୁ ଛାତ୍ର କଂଗ୍ରେସ ସଭାପତି ଓ କର୍ମକର୍ତ୍ତାମାନେ କଳା ପତାକା ପ୍ରଦର୍ଶନ କଲେ। ଯାହା ଏକ ଗଣତାନ୍ତ୍ରିକ ରାଷ୍ଟ୍ରରେ ସେଭଳି ଦଣ୍ଡନୀୟ ନୁହେଁ। ମାତ୍ର ମୋହନ ସରକାର ଏହାକୁ ହଜମ କରିପାରିଲେ ନାହିଁ। ଏଠି ଗାନ୍ଧୀ ହତ୍ୟାକାରୀଙ୍କ ସରକାର ଚାଲିଛି। ମୋହନ ଭାଗବତ ରାଷ୍ଟ୍ରନାୟକ ମାନଙ୍କର ତ୍ୟାଗ ଓ ତିତିକ୍ଷାକୁ ଅବମୂଲ୍ୟାୟନ କରୁଛନ୍ତି। ୧୯୪୭ ମସିହାର ଭାରତ ସ୍ୱାଧୀନତାକୁ ସ୍ୱୀକାର ନ କରି ରାମ ମନ୍ଦିର ପ୍ରତିଷ୍ଠା ପରେ ଭାରତ ସ୍ୱାଧୀନତା ହେଲା ବୋଲି ଘୋଷଣା କରିଛନ୍ତି। ଏହି ଗୈରିକ ସଂଗଠନ କହୁଛି ଯେ, ୧୯୪୭ ମସିହାର ସ୍ୱାଧୀନତା “ଭିକ୍ଷାର ସ୍ୱାଧୀନତା” ଅର୍ଥାତ ଗାନ୍ଧୀଙ୍କର ଅତୁଳ୍ୟ ଅବଦାନ, ନେହେରୁଙ୍କ ୯ ବର୍ଷର ଜେଲ୍‌ଦଣ୍ଡ, ପଟେଲ, ସୁଭାଷ, ଗୋପବନ୍ଧୁ ଓ ମହତାବଙ୍କ କାରବରଣ ଓ ସଂଘର୍ଷ ଓ ଲକ୍ଷ୍ମଣ ନାୟକ ପ୍ରଭୃତିଙ୍କ ଫାସି ବଦଳରେ ଯେଉଁ ସ୍ୱାଧୀନତା ମିଳିଛି ତାହା କ’ଣ ଭିକ୍ଷାର ସ୍ୱାଧୀନତା ? ଦେଶକୁ ସ୍ୱାଧୀନ କରିବାକୁ ହଜାର ହଜାର ସ୍ୱାଧୀନତା ସଂଗ୍ରାମୀ ଜୀବନ ଦାନ ଦେଇଛନ୍ତି। ମାତ୍ର ସେମାନଙ୍କର ତ୍ୟାଗର ମୂଲ୍ୟ ମୋହନ ଭାଗବତଙ୍କ ପାଖରେ କିଛି ନାହିଁ। ସୁତରାଂ ନିଜର ପତିଆର ବୃଦ୍ଧି ପାଇଁ ଜାତିର ଜନକ ମହାତ୍ମା ଗାନ୍ଧୀ, ନେହେରୁ ଓ ସ୍ୱାଧୀନତା ସଂଗ୍ରାମୀଙ୍କୁ ବାରମ୍ବାର ଅପମାନିତ କରିଥିବା ମୋହନ ଭାଗବତଙ୍କୁ ଛାତ୍ର କଂଗ୍ରେସ କଳା ପତାକା ପ୍ରଦର୍ଶନ କଲା। ନିଜ ପଦ ବଞ୍ଚାଇବା ପାଇଁ ଏବଂ ମୋହନ ଭାଗବତଙ୍କୁ ସନ୍ତୁଷ୍ଟ କରିବା ପାଇଁ ଓଡ଼ିଶାର ମୁଖ୍ୟମନ୍ତ୍ରୀ ମୋହନ ମାଝୀ ଛାତ୍ର କଂଗ୍ରେସ ସଭାପତିଙ୍କୁ ଜେଲ ପଠାଇଛନ୍ତି। ଓଡ଼ିଶାରେ ଆଇନ ଶୃଙ୍ଖଳା ପରିସ୍ଥିତି ସାଙ୍ଘାତିକ ଦୂରାବସ୍ଥା ହୋଇଥିବାବେଳେ ମୋହନ ସରକାରଙ୍କ ଏଥିପ୍ରତି ଚିନ୍ତାନାହିଁ। ଓଡ଼ିଆ ଅଫିସର ବୈାକୁଣ୍ଠ ପ୍ରଧାନଙ୍କୁ ନ୍ୟାୟ ଦେଇପାରିଲେ ନାହିଁ। ଓଡ଼ିଶାର ଆଦିବାସୀ, ଦଳିତ, ମୁସଲମାନ, ଖ୍ରୀଷ୍ଟିଆନ ଓ ବିଶେଷ କରି ମହିଳା ଏବେ ଅତି ଅସୁରକ୍ଷିତ ଅବସ୍ଥାରେ ଥିବାବେଳେ ସେ ଚିନ୍ତା ମୁଖ୍ୟମନ୍ତ୍ରୀ ମୁଣ୍ଡରେ ନାହିଁ। କିନ୍ତୁ ଗଣତାନ୍ତ୍ରିକ ଉପାୟରେ କଳା ପତାକା ପ୍ରଦର୍ଶନ କରିଥିବା ଉଦିତ୍ ପ୍ରଧାନଙ୍କୁ ଜେଲରେ ଭର୍ତ୍ତି କରି ମୁଖ୍ୟମନ୍ତ୍ରୀ ନିଜକୁ ନିଜେ ବାହାବାହା ନେଉଛନ୍ତି। ଉଦିତ୍ ପ୍ରଧାନ ଏବଂ ଅନ୍ୟଛାତ୍ର ନେତାମାନଙ୍କୁ ଖଲାସ ନ କରିବା ପର୍ଯ୍ୟନ୍ତ ଆନ୍ଦୋଳନ ଜାରି ରହିବ ବୋଲି ଛାତ୍ର କଂଗ୍ରେସ ପକ୍ଷରୁ ଚେତାବନି ଦେଇଛନ୍ତି।

ଏହି କାର୍ଯ୍ୟକ୍ରମରେ ପୂର୍ବତନ ପିସିସି ସଭାପତି ନିରଞ୍ଜନ ପଟ୍ଟନାୟକ, ଜୟଦେବ ଜେନା, ଜଗନ୍ନାଥ ପଟ୍ଟନାୟକ, ଦେବାଶିଷ ପଟ୍ଟନାୟକ, ୟାସିର ନୱାଜ, ରଞ୍ଜିତ ପାତ୍ର, ସୁଦିପ ସାମଲ, ବିଶ୍ୱଜିତ ଦାସ, ଚୁନୁ ସିଂ, ଅଜୟ ସାହୁ, ନିହାର ବେହେରା, ସ୍ୱାଗତ କର, ବଟକୃଷ୍ଣ ରାଉତରାୟ, ଗୋପନ ମାର୍ଥା, ସତ୍ୟଜିତ ପଟ୍ଟନାୟକ, ପ୍ରକାଶ ଜେନା, କିଶୋର ଜେନା, ବିଶ୍ୱଭୂଷଣ ମହାପାତ୍ର, ଆଲୋକ ଦାସ, ସୁବ୍ରତ ମହାପାତ୍ର, ମହମ୍ମଦ ପରଭେଜ୍, ମହମ୍ମଦ ଗୁଲଫାମ୍, ବଳରାମ ନନ୍ଦ, ରାହୁଲ ମହାନ୍ତି, ସୁରଜ ରାଉତ, କେଦାର ଦଳେଇ, ଜୟଶ୍ରୀ ପାତ୍ର, ପ୍ରଣତି ମିଶ୍ର, ମନୋରଞ୍ଜନ ଦାଶ, ଗଣେଷ ଦାସ, ଆଶିଷ ମଲ୍ଲିକ, ପ୍ରଶାନ୍ତ ଚମ୍ପତି, ସୌମେନ୍ଦ୍ର ମହାନ୍ତି, ସେକ୍ ତାକ୍ୟୁନ୍, ପ୍ରଶନ୍ନ ନାୟକ, ସ୍ନେହାପ୍ରଭା ଜେନା, ମାମିନା ବେହେରା ଓ ପ୍ରଶନ୍ନ ପାଇକରାୟ ପ୍ରମୁଖ ଅଂଶ ଗ୍ରହଣ କରିଥିଲେ।




Printed & Puböished by Budhadev Mohapatra on behaöf of Hiranmayee Media Pvt. Ötd. & Printed at Mayur Offset Printers, Pöot No. D-1/1, Mancheswar Industriaö Estate, Bhubaneswar-751<0 & Puböished at N-4, F/24, IRC Viööage, Nayapaööi, Bhubaneswar, Dist-Khordha, Pin-751<5, Phone : (0674© 2550751/2555116, Fax No. : 2550504, E-maiö :editorpbkc@gmaiö.com, paryabekhyak@gmaiö.com

ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray